୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK पर्यवेक्षक

Vol.26 . No.191 Bhubaneswar Wednesday September 04 2024 | ୨୬ତମ ବର୍ଷ ସଂଖ୍ୟା–୧୯୧ ଭୁବନେଶ୍ୱର, ବୁଧବାର, ସେପ୍ଟେମ୍ବର ୦୪, ୨୦୨୪ (୮ ପୃଷ୍ଠା) ମୂଲ୍ୟ–୧.୫୦ ₹1.50 (Air Surcharge - 0.50P) Member-INS

# ଦୈନିକ 'ପର୍ଯ୍ୟବେକ୍ଷକ'ର ୨୬ତମ ପ୍ରତିଷ୍ଠା ଦିବସ ପାଳିତ









ଭୁବନେଶ୍ୱର,(ପି.ଏନ): ଦୈନିକ 'ପର୍ଯ୍ୟବେକ୍ଷକ'ର ୨୬ତମ ପ୍ରତିଷ୍ଠା ଦିବସ ଭୁବନେଶ୍ୱରସ୍ଥ ଜୟଦେବ ଭବନଠାରେ ମହାସମାରୋହରେ ପାଳିତ ହୋଇଯାଇଅଛି । ଏହି ଉପଲକ୍ଷେ ଆୟୋଜିତ ରକ୍ତଦାନ ଶିବିରକୁ ଦୈନିକ ପର୍ଯ୍ୟବେକ୍ଷକର ସମ୍ପାଦକ ଡକ୍ଟର ପବିତ୍ର ମୋହନ ସାମନ୍ତରାୟ ଉଦ୍‌ଘାଟନ କରିଥିଲେ । ଦିବା ୧୧.୦୦ ଘଟିକା ସମୟରେ ଆୟୋଜିତ ପ୍ରତିଷ୍ଠା ଦିବସ ସମାରୋହକୁ ଓଡ଼ିଶା ସରକାରଙ୍କ ବରିଷ୍ଠ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ଶ୍ରୀ ସୁରେଶ ପୂଜାରୀ ଉଦ୍‌ଘାଟନ କରିଥିଲେ । ଶ୍ରୀ ପୂଜାରୀ ନିଜ ବକ୍ତବ୍ୟରେ ଛାପା ଗଣାମାଧ୍ୟମ ବର୍ତ୍ତମାନ ପରିସ୍ଥିତିରେ ସାମ୍ନା କରୁଥିବା ସମସ୍ୟାମାନଙ୍କ ବିଷୟରେ ସମ୍ୟକ ଆଲୋଚନା କରିବା ସହ ସତ୍ୟ ଓ ନ୍ୟାୟ ପଥରେ ଚାଲିବାକୁ ସାମ୍ବାଦିକମାନଙ୍କୁ ପରାମର୍ଶ ଦେଇଥିଲେ । ଅନ୍ୟତମ ସମ୍ମାନନୀୟ ଅତିଥି ଭୁବନେଶ୍ୱର ଉତ୍ତରର ପୂର୍ବତନ ବିଧାୟକ ତଥା ରାଜ୍ୟ ଗୃହ ନିର୍ମାଣ ନିଗମର ପୂର୍ବତନ ଅଧ୍ୟକ୍ଷ ଶ୍ରୀ ପ୍ରିୟଦର୍ଶୀ ମିଶ୍ର ପର୍ଯ୍ୟବେକ୍ଷକରେ କାର୍ଯ୍ୟକରୁଥିବା ସମସ୍ତ ସାମ୍ବାଦିକମାନଙ୍କୁ ପ୍ରଶଂସା କରିବା ସହ ପର୍ଯ୍ୟବେକ୍ଷକର ଉତ୍ତରୋତ୍ତର କାମନା କରିଥିଲେ । ମୁଖ୍ୟବକ୍ତା ଓଡ଼ିଶା ପୂର୍ବତନ ମନ୍ତ୍ରୀ, ଭୁବନେଶ୍ୱର ସାଂସଦ ତଥା ରାଜ୍ୟ ଯୋଜନା ବୋର୍ଡ଼ର ସଦସ୍ୟ ପ୍ରଫେସର ଡକ୍ଟର ପ୍ରସନ୍ନ ପାଟ୍ଟଶାଣୀ ସାମ୍ବାଦିକ ଓ ସମ୍ବାଦପତ୍ରର ବିଭିନ୍ନ ସମସ୍ୟା ଉପରେ ଆଲୋକପାତ କରିଥିଲେ । ଅନ୍ୟତମ ସମ୍ମାନନୀୟ ଅତିଥି ଯାଜପୁରର ସାଂସଦ ଡକ୍ଟର ରବୀନ୍ଦ୍ର ନାରାୟଣ ବେହେରା ସାମ୍ବାଦିମାନଙ୍କୁ ଆଧୁନିକ ବୈଷୟିକ ଜ୍ଞାନ କୌଶଳ ବିଷୟରେ ଆଲୋକପାତ କରିବା ସହ ଯୁଗୋପଯୋଗୀ ହେବାକୁ ପରାମର୍ଶ ଦେଇଥିଲେ । ଉତ୍ସବର ବିଶିଷ୍ଟ ଅତିଥି ଓଡ଼ିଶାର ପୂର୍ବତନ ମୁଖ୍ୟମନ୍ତ୍ରୀ, କେନ୍ଦ୍ରମନ୍ତ୍ରୀ ଡକ୍ଟର ଗିରିଧାରୀ ଗମାଙ୍ଗ ବର୍ତ୍ତମାନ ସମାଜରେ ସାମ୍ବାଦିକ ଓ ସମ୍ବାଦପତ୍ରର ଗୁରୁତ୍ୱ ଉପରେ ସବିଶେଷ ଆଲୋଚନା କରିଥିଲେ । ଉକ୍ତ କାର୍ଯ୍ୟକ୍ରମରେ ସ୍ୱୟଂ ଚାଙ୍ଗୁ ବାଦନ କରି ଦର୍ଶକମାନଙ୍କୁ ବିମୋହିତ କରିଥିଲେ । ଉକ୍ତ କାର୍ଯ୍ୟକ୍ରମରେ ଲେଫ୍ଟନାଣ୍ଟ କର୍ଣ୍ଣେଲ ମନୀଷ କୁମାର ଡୋଗ୍ରା, ସହ-ନିର୍ଦ୍ଦେଶକ, ପ୍ରଶିକ୍ଷଣ, ଜାତୀୟ ସମରଶିକ୍ଷାର୍ଥୀ ବାହିନୀ କାର୍ଯ୍ୟାଳୟ, ଡ଼ଃ. ଜୟଶ୍ରୀ ବାଳା ମଲ୍ଲିକ୍, ଏନଏସ ଏସ ପୋଗ୍ରାମ ଅଫିସର, ଖୋର୍ଦ୍ଧା ଜିଲ୍ଲା, ବିଜୁ ପଟ୍ଟନାୟକ ଡିଗ୍ରୀ କଲେଜ ଅଫ ସାମଇନସ ଆଣ୍ଡ ଏଜୁକେଶନ, ଡ.ରେବତୀ କାନ୍ତ ମହାରଣା, ଜିଲ୍ଲା ସଂଯୋଜକ ( ଯୁବ ରେଡ୍ କ୍ରସ୍ ), ଶ୍ରୀମତୀ ଅନାମିକା ଦାସ ରାଜ୍ୟ ପ୍ରଶାସନିକ ଅଧିକାରୀ ତଥା ରାଜ୍ୟ ସାଙ୍ଗଠନିକ କମିଶନର ଭାରତ ସ୍କାଉଟ ଓ ଗାଇଡ଼, ଓଡିଶା ଶାଖା, ଡଃ ବିଶ୍ୱ ମୋହନ ଜେନା, କାର୍ଯ୍ୟକ୍ରମ ସଂଯୋଜକ ଜାତୀୟ ସେବା ଯୋଜନା, ଉଚ୍ଚ ମାଧମିକ ଶିକ୍ଷା ପରିଷଦ, ଓଡିଶା, ଡ. ସୁଶାନ୍ତ କୁମାର ପଟ୍ଟନାୟକ, ଏନ୍ଏସ୍ଏସ କାର୍ଯ୍ୟକ୍ରମ ସଂଯୋଜକ ରମାଦେବୀ ମହିଳା ବିଶ୍ୱ ବିଦ୍ୟାଳୟ, ଭୁବନେଶ୍ୱର, ଡ ରମେଶଚନ୍ଦ୍ର ବେହେରା, ରାଜ୍ୟ ଏନ୍ ଏସ୍ ଏସ୍ ଅଧିକାରୀ ତଥା ଉପ ଶାସନ ସଚିବ ଉଚ୍ଚଶିକ୍ଷା ବିଭାଗ ଓଡ଼ିଶା ସରକାର, ଶ୍ରୀ ଯଯାତି ମହାନ୍ତି, ବରିଷ୍ଠ ସାମ୍ବାଦିକ, ନନ୍ଦିଘୋଷ ଟି.ଭି., ଚୌଧୁରୀ ଅମିତାଭ ଦାସ , ବରିଷ୍ଠ ସାମ୍ବାଦିକ, ସମ୍ବାଦ, ଶ୍ରୀ ରାମଜୀବନ ଗୋଚ୍ଛାୟତ, ବରିଷ୍ଠ ସାମ୍ବାଦିକ, ପ୍ରମେୟ, ଶ୍ରୀ ଚିନ୍ମୟ ପଟ୍ଟନାୟକ, ବରିଷ୍ଠ ସାମ୍ବାଦିକ, କଳିଙ୍ଗ ଟି.ଭି., ଶ୍ରୀ ସିମ୍ପୁଲ ନାୟକ ସାମ୍ବାଦିକ, କନକ ଟି.ଭି., ଶ୍ରୀ ପ୍ରଦୀପ ନାୟକ, ସାମ୍ବାଦିକ, ନକ୍ଷେତ୍ର ଟି.ଭି.,ଶ୍ରୀ ଦୁର୍ଗା ସାମନ୍ତରାୟ, ସମ୍ପାଦକ, ଦୂରଦର୍ଶୀ, ଶ୍ରୀ ଦୀପକ କୁମାର କର , ବରିଷ୍ଠ ସାମ୍ବାଦିକ, ଦିନଲିପି, ଶ୍ରୀ ପ୍ରଦ୍ୟୁମ୍ନ ମହାନ୍ତି,ସମାଜସେବୀ , ଶ୍ରୀ ଅରବିନ୍ଦ ମେକପ , ପ୍ରକାଶକ, ଦି' କଳିଙ୍ଗ କ୍ରୋନିକିଲି, ସ୍ମରଜିତ୍ ଆର୍ଯ୍ୟ,ବରିଷ୍ଠ ସାମ୍ବାଦିକ, ପର୍ଯ୍ୟବେକ୍ଷ. ସ୍ୱର୍ଣ୍ଣପ୍ରଭା ନାୟକ, ସାମ୍ବାଦିକା, ପର୍ଯ୍ୟବେକ୍ଷକ, ଶ୍ରୀ ଯୋଗଶ୍ୱର ପଣ୍ଡା, ସାମ୍ବାଦିକ, ପର୍ଯ୍ୟବେକ୍ଷକ, ଶ୍ରୀ ପ୍ରିୟବ୍ରତ ନାୟକ, ସାମ୍ବାଦିକ, ପର୍ଯ୍ୟବେକ୍ଷକ, ଶ୍ରୀ ଚନ୍ଦନ ପାଇକରାୟ, ବରିଷ୍ଠ ସାମ୍ବାଦିକ, ଓ.ଟି.ଭି., ଶ୍ରୀ ପ୍ରଶାନ୍ତ ଦାସ, ସାମ୍ବାଦିକ, ବଡ଼ ଖବର, ସ୍ୱପ୍ନାଞ୍ଜଳି ମହାନ୍ତି,ସାମ୍ବାଦିକା, ଅର୍ଗଷ ଟି.ଭି.ପ୍ରଭୃତି ସାମ୍ବାଦିକ ଓ ସମାଜସେବୀମାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା । ଡକ୍ଟର ପବିତ୍ର ମୋହନ ସାମନ୍ତରାୟ, ମୁଖ୍ୟ ସମ୍ପାଦକ 'ପର୍ଯ୍ୟବେକ୍ଷକ' ଉକ୍ତ କାର୍ଯ୍ୟକ୍ରମରେ ସଭାପତିତ୍ୱ କରିଥିଲେ । ପଣ୍ଡିତ ଦିବାକରଙ୍କ ଦ୍ୱାରା ବେଦପାଠ, ପ୍ରାରମ୍ଭିକ 'ବନ୍ଦେ ଉତ୍କଳ ଜନନୀ' ଗାୟନ ତଥା କାର୍ଯ୍ୟକ୍ରମର ସଞ୍ଚାଳନ କରିବା ସହ ସୁଶ୍ରୀ ଅର୍ଣ୍ଣଦା (ଆନି), ଧନ୍ୟବାଦ ଅର୍ପଣ କରିଥିଲେ ।

## ନିଜ ଟିମ୍ ଗଢ଼ିପାରୁନାହାନ୍ତି ଖୁରାନିଆ: ଅଦଳବଦଳ କେବେ, ଉତ୍କଟ ହେଲାଣି ଆଇପିଏସ୍ ମରୁଡି

ଭୁବନେଶ୍ୱର,୩।୯(ପି.ଏନ): ଆଉ ୬ଦିନ ପରେ ରାଜ୍ୟରେ ମୋହନ ମାଝୀଙ୍କ ସରକାରକୁ ୯୦ଦିନ ପୁରିବ । ରାଜ୍ୟ ପୁଲିସ ଫୋର୍ସର ମୁଖିଆ ଭାବେ ୱାଇବି ଖୁରାନିଆ ଦାୟିତ୍ୱ ନେବାର ୧୯ଦିନ ବିତିଲାଣି । କିନ୍ତୁ ଏପର୍ଯ୍ୟନ୍ତ ଆଇପିଏସ୍ ଅଫିସରସ୍ତରରେ ଅଦଳବଦଳ ସମ୍ଭବପର ହୋଇପାରୁନାହିଁ । ନୂଆ ପୁଲିସ ଡିଜି ଶ୍ରୀ ଖୁରାନିଆ ନିଜ ଟିମ୍ ଗଢ଼ିପାରୁନଥିବାରୁ ପୁଲିସ ପ୍ରଶାସନରେ ଏକପ୍ରକାରର ଅଚଳାବସ୍ଥା ସୃଷ୍ଟି ହେଲାଣି । ବିଜେଡି ସରକାରରେ ବିଭିନ୍ନ ପଦପଦବୀରେ ନିଯୁକ୍ତି ପାଇଥିବା ଏହି ଆଇପିଏସ୍ ଅଫିସରମାନେ ଏବେବି ସମାନ ପଦବୀରେ କାର୍ଯ୍ୟ କରୁଥିବାରୁ ନିଜର ନିଶ୍ଚିତ ବଦଳି ଆଶଙ୍କା କରି ଠିକ୍ ଢଙ୍ଗରେ ଦାୟିତ୍ୱ ସମ୍ପାଦନ କରିପାରୁନଥିବା ଜଣାପଡିଛି । ତେବେ ରାଜ୍ୟର ବିଜେପି ସରକାର ନିଜର ମନପସନ୍ଦର ଅଫିସର ଶ୍ରୀ ଖୁରାନିଆଙ୍କୁ କେନ୍ଦ୍ରରୁ ଫେରାଇ ଆଣି ପୁଲିସ ଡିଜି ପଦରେ ଅବସ୍ଥାପିତ କରିଥିଲେ ମଧ ସେ କାହିଁକି ଏପର୍ଯ୍ୟନ୍ତ ବରିଷ୍ଠ ଆଇପିଏସସ୍ତରରେ ଅଦଳବଦଳ କରିପାରୁନାହାନ୍ତି ତାକୁ ନେଇ ପାୱାର କରିଡରରେ ପ୍ରଶ୍ନ ଉଠିଛି ।ରାଜ୍ୟରେ ୨୪ବର୍ଷର ବିଜେଡି ସରକାରର ପତନ ପରେ ଗତ ଜୁନ୍ ୧୨ତାରିଖରେ ଦାୟିତ୍ୱ ନେଇଥିବା ପ୍ରଥମ ବିଜେପି ସରକାର ସେହି ପୁରୁଣା ପୁଲିସ ଟିମ୍ ଧରି କାର୍ଯ୍ୟ କରୁଛନ୍ତି । କେବଳ ଅରୁଣ ଷଡଙ୍ଗୀଙ୍କ ସ୍ଥାନରେ ଡିଜି ଶ୍ରୀ ଖୁରାନିଆଙ୍କୁ ବଦଳାଇଛନ୍ତି ସିନା, ମାତ୍ର ବିଜେଡି ସରକାର ଅମଳରେ ଆଇପିଏସ୍ କ୍ୟାଡର ମ୍ୟାନେଜମେଂଟକୁ ନେଇ ଯେଉଁ ବ୍ୟାପକ ଅସଙ୍ଗତି ଦେଖାଦେଇଥିଲା ତାକୁ ଏପର୍ଯ୍ୟନ୍ତ ସଜାଡିବାରେ ସକ୍ଷମ ହୋଇପାରି ନାହାନ୍ତି । ଆଉ ରାଜ୍ୟରେ ଆଇପିଏସ୍ ଅଫିସରଙ୍କ ଉତ୍କଟ ସଙ୍କଟ ମଧ ଦେଖାଦେଲାଣି । ଏପଟେ ଅଦୃଶ୍ୟ କାରଣରୁ ପୁଲିସ ଡିଜି ଶ୍ରୀ ଖୁରାନିଆ ମଧ ଆଜିସୁଦ୍ଧା ନିଜର ଟିମ୍ ଗଢ଼ିପାରୁନଥିବା ଜଣାପଡିଛି ।



## ତାଳ ହେଲା କାଳ: ଚନ୍ଦକାରେ ଆଉ ଏକ ହାତୀର ମୃତ୍ୟୁ

ମେଣ୍ଟଶାଳ/ବାରଙ୍ଗ,୩।୯(ପି.ଏନ): ଗତକାଲି ଚନ୍ଦକାର ଗୋଡିବାରିରେ ଚିକିତ୍ସାଧୀନ ୪ ବର୍ଷର ମାଇହାତୀର ମୃତ୍ୟୁ ପଛର କାରଣ ତାଳ ବୋଲି ଶବ ବ୍ୟବଚ୍ଛେଦ ରିପୋର୍ଟରୁ ଜଣାପଡିଛି । ଓୟୁଏଟିର ପ୍ରାଣୀ ଚିକିତ୍ସା ନିଦାନ ବିଭାଗର ଆସିଷ୍ଟାଣ୍ଟ ପ୍ରଫେସର ପ୍ରସନ୍ନ କୁମାର ରଥଙ୍କ ତତ୍ତ୍ୱାବଧାନରେ କରାଯାଇଥିବା ଶବ ବ୍ୟବଚ୍ଛେଦରେ ହାତୀର ପାକସ୍ଥଳୀ ଉପର ଭାଗରେ ବଙ୍କଇ ହୋଇ ରହିଥିବା ଖାଦ୍ୟନଳୀରେ ଅଟକିଥିବା ଏକ ବଡ ପାଚିଲା ତାଳକୁ ବାହାର କରାଯାଇଛି । ଏହି ତାଳ ହିଁ ତା'ମୃତ୍ୟୁର କାରଣ ହେଲା ବୋଲି ରିପୋର୍ଟରେ ଦର୍ଶାଯାଇଛି । ଛୋଟହାତୀଟି ଲୋଭରେ ବଡ ପାଚିଲା ତାଳଟିକୁ ଖାଇବା ବେଳେ ଗିଳି ଦେଇଥିଲା । ତାଳଟି ପେଟ ଭିତରକୁ ଯାଇନପାରି ଗଳାଗଣ୍ଡରେ ଅଟକି ଥିଲା । ଫଳରେ ହାତୀଟି ଖାଇ ପାରିନଥିଲା ଓ ଦୁର୍ବଳ ହୋଇପଡିଥିଲା । ହାତୀଦଳରୁ ଅଲଗା ହୋଇ ସେ ବଲାଙ୍ଗୀର ଜିଲ୍ଲା ଦେଓଗାଁ ବାନଖଣ୍ଡସ୍ଥ କିରିପାଞ୍ଜି ଜଙ୍ଗଲରେ ବୁଲୁଥିବାର ଦେଖିବାକୁ ମିଳିଥିଲା ।ତାକୁ ସେଠାରୁ ଉଦ୍ଧାର କରି ଗତ ମାସ ୨୨ ତାରିଖରେ ଚନ୍ଦକା ଗୋଡିବାରିଠାରେ ରଖି ଚିକିତ୍ସା କରାଯାଉଥିଲା । ନିଃଶ୍ଚେତକ ଦେଇ ଚିକିତ୍ସା କରିବା ବେଳେ ହାତୀ ପାଟିରୁ ପୂଜ ବାହାରୁଥିବାର ଦେଖିବାକୁ ମିଳିଥିଲା । ପରୀକ୍ଷାନିରୀକ୍ଷା ପରେ ତା'ର ଗଳାଗଣ୍ଡରେ ଏକ ବଡ଼ ପାଚିଲା ତାଳ ଅଟକିଥିବା ଜଣାପଡିଥିଲା । ତାଳଟି ଏପରି ଜାଗାରେ ଅଟକି ଥିଲା ଯେ ତା'କୁ ପାଟି ବାଟ ଦେଇ ପଦାକୁ କାଢ଼ିବା ସମ୍ଭବ ନଥିଲା । ତେଣୁ ବାଧ ହୋଇ ଅତୀତରେ ସମାନ ଧରଣର ସମସ୍ୟାରେ ପଡିଥିବା ହାତୀଙ୍କ ଚିକିତ୍ସାରେ ପ୍ରୟୋଗ କରାଯାଇଥିବା ଉପାୟ ଅନୁସରଣ କରାଯାଇଥିଲା । ଗଳାଗଣ୍ଡରେ ଅଟକି ଥିବା ତାଳକୁ ଆହୁରି ଭିତରକୁ ଠେଲି ଦେବାକୁ ଚେଷ୍ଟା କରାଯାଇଥିଲା । ତାଳଟି ଭିତରକୁ ଚାଲିଯିବା ପରେ ତାହା ପାକସ୍ଥଳୀରେ ମିଳାଇଯାଇ ମଳଦ୍ୱାର ଦେଇ ବାହାରିଯିବ ବୋଲି ଆଶା କରା ଯାଉଥିଲା । ସେଥିପାଇଁ ତା'କୁ ଆଷ୍ଟାସିଡ୍ ମଧ ଖୁଆଯାଉଥିଲା । ହେଲେ ଦୀର୍ଘ ଦିନ ଧରି ଖାଦ୍ୟ ଓ ପାନୀୟ ଗ୍ରହଣ କରି ପାରି ନଥିବାରୁ ଛୁଆହାତୀଟି ଅତ୍ୟନ୍ତ ଦୁର୍ବଳ ହୋଇପଡ଼ିଥିଲା ଏବଂ ଚିକିତ୍ସାର ୯ଦିନ ପରେ ତା'ର ମୃତ୍ୟୁ ଘଟିଥିଲା । ତାଳର ଉପରିଭାଗ କିଛିଟା ମିଳାଇ ଯାଇଥିବାବେଳେ ଭିତରେ ଥିବା କଠିନ ମଞ୍ଜିଟି ପୂର୍ବଭଳି ରହିଥିବା ବ୍ୟବଚ୍ଛେଦରେ ଦେଖାଯାଇଛି । ତାହା ହିଁ ତଣ୍ଟିରେ ଘାଆ ସୃଷ୍ଟି କରିଥିଲା । ତାଳମଞ୍ଜି ପେଟକୁ ନଯାଇ ତଣ୍ଟି ମଧରେ ରହିଯିବାରୁ ତା'ର ମୃତ୍ୟୁ ହୋଇଛି ବୋଲି ବନଖଣ୍ଡ ଅଧିକାରୀ ଶରତଚନ୍ଦ୍ର ବେହେରା କହିଛନ୍ତି ।

### ଜବରଦଖଲକାରୀଙ୍କ କବଜାରେ ସହରାଞ୍ଚଳର ମୂଲ୍ୟବାନ ଜମି

ଭୁବନେଶ୍ୱର,୩।୯(ପି.ଏନ): ଜମିର ମୂଲ୍ୟ ଅମୂଲ୍ୟ । ଏଥି ପାଇଁ ସରକାରୀ ଜମି ଉପରେ ଜବରଦଖଲକାରୀଙ୍କ ନଜର ରହିଛି । ରାଜଧାନୀରେ ମଧ ଅନେକ ସ୍ଥାନରେ ସରକାରୀ ଜମିକୁ ଲୋକେ ଜବରଦଖଲ କରିଛନ୍ତି । ମୂଲ୍ୟବାନ ଜମି ଉପରେ ଘର ନିର୍ମାଣ କରାଯାଇଥିବା ବେଳେ ଆଉ କିଛି ସ୍ଥାନରେ ଜବରଦଖଲକାରୀ ପାଚେରୀ ବୁଲାଇ ରଖିଛନ୍ତି । ଜବରଦଖଲ କାରୀମାନେ ମୂଲ୍ୟବାନ ଜମିକୁ ନିଜ ଅକ୍ତିଆରକୁ ନେଇଯାଇଛନ୍ତି । ସହରାଞ୍ଚଳର କୋଟିକୋଟି ଟଙ୍କାର ମୂଲ୍ୟବାନ ଜମି ଏବେ ଜବରଦଖଲକାରୀଙ୍କ କବ୍‌ଜାରେ ରହିଛି । ଭୁବନେଶ୍ୱରରେ ପ୍ରାୟ ୩୦ ଏକର ଜମି ଜବରଦଲକାରୀଙ୍କ କବ୍‌ଜାରେ ରହିଛି ବୋଲି ବିଧାନସଭାରେ ଲିଖିତ ଭାବେ ଉତ୍ତର ଦେଇଛନ୍ତି ଗୃହନିର୍ମାଣ ଓ ନଗର ଉନ୍ନୟନ ମନ୍ତ୍ରୀ କୃଷ୍ଣଚନ୍ଦ୍ର ମହାପାତ୍ର । କିନ୍ତୁ ବାସ୍ତବରେ ଏହା ଅଧିକ ହୋଇପାରେ ।

## ରିୟଲ ହିରୋ ଶୁଭାନ ଖାନ: ନିଜ ଜୀବନକୁ ବାଜି ଲଗାଇ ୯ ଜଣଙ୍କୁ ବଞ୍ଚାଇଲେ

ଭୁବନେଶ୍ୱର,୩।୯(ପି.ଏନ): ହିରୋମାନେ ସବୁବେଳେ କ୍ୟାପ ପିନ୍ଧନ୍ତି ନାହିଁ । ବେଳେବେଳେ ରିୟଲ ହିରୋ ବୁଲଡୋଜର ମଧ ଚଳାନ୍ତି । ଏହାର ଜ୍ୱଳନ୍ତ ଉଦାହରଣ ବନ୍ୟା ଯୋଗୁ ଆଉଟ ପାଉଟ ହେଉଥିବା ତେଲଙ୍ଗାନରେ ଦେଖିବାକୁ ମିଳିଛି । ବାସ୍ତବ ଜୀବନରେ ପ୍ରକୃତ ହିରୋ ସାଜିଛନ୍ତି ହରିୟାଣାର ଶୁଭାନ ଖାନ ।ସେ ନିଜ ଜୀବନକୁ ବିପଦରେ ପକାଇ ଭୟଙ୍କର ବନ୍ୟା ବେଳେ ଗୋଟିଏ ବ୍ରିଜରେ ଫସିଥିବା ୯ ଜଣଙ୍କୁ ବଞ୍ଚାଇ ଦେଇଛନ୍ତି । ଖାନ ବନ୍ୟା ପାଣିରେ ବୁଲଡୋଜର ନେଇ ବ୍ରିଜ ଉପରେ ପହଞ୍ଚିଥିଲେ ଓ ସେଠାରେ ଜୀବନ ମରଣ ସହ ସଂଘର୍ଷ କରୁଥିବା ୯ ଜଣଙ୍କୁ ଉଦ୍ଧାର କରିଥିଲେ ।ମିଳିଥିବା ସୂଚନା ଅନୁସାରେ, ତେଲଙ୍ଗାନାର ଖାମ୍ମାମ ଜିଲ୍ଲାରେ ଥିବା ମୁନ୍ନେରୁ ନଦୀ ଉପରେ ରହିଥିବା ପ୍ରକାଶ ନଗର ବ୍ରିଜରେ ୯ ଜଣ ଲୋକ ଫସି ଯାଇଥିଲେ ।ସେମାନେ ବ୍ରିଜ ଉପରେ ରହିଥିବା ବେଳେ ଚାରିଆଡ କେବଳ ବନ୍ୟା ପାଣି ପ୍ରବାହିତ ହେଉଥିଲା । ତେଣୁ ସେମାନେ ଉଦ୍ଧାର ପାଇଁ ଆକୁଳ ନିବେଦନ କରିଥିଲେ ।



## ଶନିବାର ନିଲମ୍ବିତ, ସୋମବାର ସାଂସଦଙ୍କ ସଭାରେ ଅତିଥି



ଭୁବନେଶ୍ୱର,୩।୯(ପି.ଏନ): ବିଶୃଙ୍ଖଳିତ ଆଚରଣ ପାଇଁ ପୂର୍ବତନ ବିଜେପି ଖୋର୍ଦ୍ଧା ଜିଲ୍ଲା ସଭାପତି ନିକୁଞ୍ଜ ପଟ୍ଟନାୟକଙ୍କ ସମେତ ୫ ଜଣଙ୍କୁ ଶନିବାର ନିଲମ୍ବିତ କରାଯାଇଥିଲା । ହେଲେ ସୋମବାର ଖୋର୍ଦ୍ଧାରେ ହୋଇଥିବା ସାଂସଦ ଅପରାଜିତା ଷଡଙ୍ଗୀଙ୍କ ସଭାରେ ସମସ୍ତଙ୍କୁ ଅତିଥି ଭାବେ ମଞ୍ଚରେ ଦେଖିବାକୁ ମିଳିଥିଲା । ଯାହାକୁ ନେଇ ରାଜ୍ୟ ରାଜନୀତିରେ ହଇଚଇ ସୃଷ୍ଟି ହୋଇଛି ।କିଛି ଦିନ ତଳେ ଖୋର୍ଦ୍ଧା ଜୟଦେବ ନିର୍ବାଚନମଣ୍ଡଳୀରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ମନ କି ବାତ୍ ? କାର୍ଯ୍ୟକ୍ରମ ହୋଇଥିଲା । ଏଥିରେ ବିଜେପି ରାଜ୍ୟ ପ୍ରଭାରୀ ବିଜୟପାଲସିଂ ତୋମାର ଓ କେନ୍ଦ୍ରାପଡା ସାଂସଦ ତଥା ରାଷ୍ଟ୍ରୀୟ ଉପାଧ୍ୟକ୍ଷ ବୈଜୟନ୍ତ ପଣ୍ଡା ପ୍ରମୁଖ ଉପସ୍ଥିତ ଥିଲେ । ହେଲେ ଭୁବନେଶ୍ୱର ସାଂସଦ ଅପରାଜିତା ଷଡଙ୍ଗୀଙ୍କୁ ଦେଖିବାକୁ ମିଳିନଥିଲା । ଯେଉଁଥିପାଇଁ ସାଂସଦଙ୍କ କିଛି ସମର୍ଥକ ମନ କି ବାତ୍ କାର୍ଯ୍ୟକ୍ରମରେ ହଟଗୋଳ କରିଥିଲେ । ଦଳୀୟ କାର୍ଯ୍ୟକ୍ରମରେ ବିଶୃଙ୍ଖଳିତ ଆଚରଣ ପାଇଁ ବିଜେପି ଖୋର୍ଦ୍ଧା ଜିଲ୍ଲାର ପୂର୍ବତନ ସଭାପତି ନିକୁଞ୍ଜ ପଟ୍ଟନାୟକଙ୍କ ସମେତ ମୋଟ ୫ ଜଣଙ୍କୁ ଦଳରୁ ନିଲମ୍ବନ କରାଯାଇଥିଲା ।

## ବିଜେଡ ପୁଲିସ୍ ଟିମ ଉପରେ ଆତଙ୍କବାଦୀଙ୍କ ଆଖିବୁଜା ଗୁଳି ମାଡ

ଜାମ୍ମୁ କାଶ୍ମୀର,୩।୯(ପି.ଏନ.)ଜମ୍ମୁ-କଶ୍ମୀରରେ ନିର୍ବାଚନ ତାରିଖ ଯେତିକି ପାଖେଇ ଆସୁଛି ଆତଙ୍କବାଦୀ କାର୍ଯ୍ୟକଳାପ ସେତିକି ବ ? ଚାଲିଛି । ଆଜି ସନ୍ଧ୍ୟାରେ ଜମ୍ମୁ-କଶ୍ମୀର ପୁଲିସ୍ ଟିମ ଉପରେ କିଛି ଆତଙ୍କବାଦୀ ଗୁଳି ମାଡ କରିଛନ୍ତି । ରଜୌରୀ ଜିଲ୍ଲାର ଥାନା ମଣ୍ଡି ଅଞ୍ଚଳରେ ଏପରି ହମଲା ହୋଇଛି ।ଆତଙ୍କବାଦୀମାନେ ପୁଲିସ୍ ଟିମ ଉପରେ ଗୁଳି ମାଡ କରିବା ପରେ ସ୍ଥାନୀୟ ଜଙ୍ଗଲକୁ ଚାଲିଯାଇଛନ୍ତି । ତେବେ ସେମାନଙ୍କୁ ଧରିବା ପାଇଁ ପୁଲିସ୍ ଓ ଭାରତୀୟ ସେନା ପକ୍ଷରୁ ବଡଧରଣର ସର୍ଚ୍ଚ ଅପରେସନ ଆରମ୍ଭ ହୋଇଛି ।









# ଟି ଟାଇମ୍



## ଜୋକ୍ସ

ରାମୁ ରୋହିତ୍‌କୁ କହିଲା: ତତେ ପହଁରିବା ଆସେ।

ରୋହିତ: ନା ଆସେନି।

ରାମୁ: ତୋଠୁ ତ ମୋ କୁକୁର ଭଲ, ସେ ପହଁରି ପାରୁଛି।

ରୋହିତ୍: ତତେ ପହଁରିବା ଆସୁଛି ?

ରାମୁଁ : ହଁ

ରୋହିତ୍: ତାହେଲେ ତୋ କୁକୁର ଆଉ ତୋ ଭିତରେ ଫରକ କ'ଣ ରହିଲା।

# ପୁରାଣ କାହାଣୀ

## କୁଟୁମ୍ବେଶ୍ୱର ମହାଦେବଙ୍କ ମହାତ୍ମ୍ୟ



ସଂସାର ହିତ ଲାଗି ସୋମବତୀ ଅମାବାସ୍ୟା କୁଟୁମ୍ବେଶ୍ୱର ଲିଙ୍ଗଙ୍କୁ ଦର୍ଶନ କଲେ କୁଟୁମ୍ବ ବୃଦ୍ଧି ପାଇବା ସହ ସମସ୍ତ ପାପ ଦୂର ହୋଇଥାଏ। ରବିବାର, ସୋମବାର, ଅଷ୍ଟମୀ, ଚତୁର୍ଦ୍ଦଶୀ ତଥା ସୋମବତୀ ଦିନ ଶିପ୍ରା ନଦୀରେ ସ୍ନାନ କରି କୁଟୁମ୍ବେଶ୍ୱରଙ୍କୁ ଦର୍ଶନ କଲେ ସୁଫଳ ମିଳିଥାଏ। ଏହାସହ ସ୍କନ୍ଦ ପୁରାଣରେ କୁଟୁମ୍ବେଶ୍ୱରଙ୍କ ମହାତ୍ମ୍ୟ ବର୍ଣ୍ଣନା କରାଯାଇଛି। ଏକଦା ଦେବତା ଓ ରାକ୍ଷସ ସମୂଦ୍ର ମନ୍ଥନ କରୁଥିବା ବେଳେ ବିଷ ଉତ୍ପନ୍ନ ହେଲା। ଏହାଦେଖି ରାକ୍ଷସ ଓ ଦେବତାମାନେ ବିଚଳିତ ହୋଇ ଉଠିଲେ। ସେମାନେ ଭଗବାନ ଶିବଙ୍କ ନିକଟକୁ ଯାଇ ସମସ୍ତ କଥା ପ୍ରକାଶ କରି ବିଷକୁ ଦୂର କରିବା ଲାଗି ପ୍ରାର୍ଥନା କଲେ। ମହାଦେବ ସମସ୍ତ କଥା ଶୁଣିବା ପରେ ମୟୂର ରୂପ ଧାରଣ କରି ସେହି ବିଷକୁ ପାନ କରିବା ଦ୍ୱାରା ତାଙ୍କ କଣ୍ଠ ନୀଳ ପଡିଗଲା। କିନ୍ତୁ ମହାଦେବ ଏହି ବିଷକୁ ଦୂର କରିବା ଲାଗି ଶିପ୍ରା ନଦୀକୁ ଆଦେଶ ଦେଲେଯେ ଏହି ବିଷକୁ ନେଇ ସେ ମହାକାଳ ବଣରେ ଥିବା କାମେଶ୍ୱରସ୍ଥିତ ଏକ ଲିଙ୍ଗ ଉପରେ ଚଢ଼ାଇ ଦିଅ। ମା' ଶିପ୍ରା ନଦୀ ଉକ୍ତ ବି:କୁ ନେଇ ଲିଙ୍ଗ ଉପରେ ଢ଼ାଳିଦେଲେ। ବିଷର ପ୍ରଭାବରେ ଯେଉଁ ପ୍ରାଣୀ ତାଙ୍କୁ ଦର୍ଶନ କରୁଥିଲେ ସେମାନେ ମୋକ୍ଷ ପ୍ରାପ୍ତ କରୁଥିଲେ। କିଛି ବ୍ରାହ୍ମଣ ତୀର୍ଥ ଯାତ୍ରା କରିବା ଲାଗି ଏହି ଲିଙ୍ଗ ନିକଟକୁ ଆସି ଦର୍ଶନ କଲେ। ଦର୍ଶନ ଫଳରେ ସମସ୍ତ ବ୍ରାହ୍ମଣ ଦେହତ୍ୟାଗ କଲେ ଏହାଦ୍ୱାରା ତାଙ୍କ କୁଟୁମ୍ବ ଲୋପ ପାଇବାକୁ ଲାଗିଲା। ଏହା ଦେଖି କିଛି ବ୍ରାହ୍ମଣ ତାଙ୍କ କୁଟୁମ୍ବକୁ ବଞ୍ଚାଇବା ଲାଗି ଭଗବାନ ଶିବଙ୍କୁ ପ୍ରାର୍ଥନା କଲେ ଉକ୍ତ ପ୍ରାର୍ଥନାକୁ ସ୍ୱୀକାର କରି ମହାଦେବ କହିଲେ ରାଜା ଲକୁଲିଶ ଏହି ଲିଙ୍ଗକୁ ଦର୍ଶନ କଲେ ବିଷର ପ୍ରଭାବ ଆପେ ଆପେ ଦୂର ହୋଇଯିବ। ଏହି ଲିଙ୍ଗକୁ କୁଟୁମ୍ବେଶ୍ୱର କୁହାଯିବ କହି ମହାଦେବ ଅନ୍ତର୍ଦ୍ଧାନ ହୋଇଗଲେ ସେବେଠାରୁ ଏହି ଲିଙ୍ଗର ନାମ କୁଟୁମ୍ବେଶ୍ୱର ରହି ଆସିଛି।

# ଆଜିର ଭାଗ୍ୟ

**ମେଷ** - କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

**ବୃଷ** - କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**ମିଥୁନ** - କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**କର୍କଟ** - ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ସିଂହ** - ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**କନ୍ୟା** - ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ତୁଳା** - ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ବିଛା** - ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**ଧନୁ** - ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ମକର** - ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**କୁମ୍ଭ** - କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**ମୀନ** - ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

# ପ୍ଲାଷ୍ଟିକ୍ ବେବି



ଏହି ବ୍ୟସ୍ତ ବହୁଳ ଜୀବନରେ ଜଣେ ସାଧାରଣ ବ୍ୟକ୍ତି ଠିକ୍ ଭାବରେ ଖାଦ୍ୟ ଖାଇବାକୁ ସମୟ ପାଉନଥିବା ବେଳେ ୮ବର୍ଷୀୟ ପିଲା ଖାଦ୍ୟ ଖାଇବା ଛାଡ଼ି ପ୍ଲାଷ୍ଟିକ୍ ଜିନିଷ ଖାଇ ଯାଉଛି। ୮ବର୍ଷର ଝିଅ ଜେସିକା ୱାକର, ପିକା ନାମକ ରୋଗରେ ପୀଡ଼ିତ। ଏହି ରୋଗରେ ଜେସିକା ପୌଷ୍ଟିକ ଆହାରକୁ ଛାଡ଼ି ଅନ୍ୟ ସବୁ କିଛି ଖାଇବାକୁ ଇଚ୍ଛା ହୋଇଥାଏ ଯାହା ଜଣେ ସାଧାରଣ ବ୍ୟକ୍ତି କେବେ ଖାଇନଥାଏ। ଜେସିକାର ମା' ଲିଣ୍ଡସେ କହନ୍ତି ଯେତେବେଳେ ଜେସିକା ଛୋଟଥିଲେ ବାଲି, ମାଟି ଓ ମହମବତୀ ଖାଇଦେଉଥିଲେ। ଯଦି ପ୍ଲେଟରେ ମାଂସ ତରକାରି କିମ୍ବା ଅନ୍ୟ କୌଣସି ବ୍ୟଞ୍ଜନ ରଖାଯାଇଥାଏ ତେବେ ଜେସିକା ତାକୁ କେବେବି ଛୁଅନ୍ତି ନାହିଁ। ଝିଅର ଏଭଳି ସମସ୍ୟା ଦେଖି ତାଙ୍କ ମା' ତାକୁ ବାଳ ସୁରକ୍ଷା ଗୃହରେ ଛାଡ଼ିଥିଲେ କିନ୍ତୁ ସେଠାରେ ମଧ୍ୟ ଏକା ପରିସ୍ଥିତି ଉପୁଜିଥିଲା। ଜେସିକା କଞ୍ଚା ପରିବା ଖାଆନ୍ତି, ଜିନିଷ ପତ୍ର ଉପରେ ଲାଗିଥିବା ର୍ୟାପ୍ ବା ଜରିକୁ ଖାଆନ୍ତି। ଡାକ୍ତରଙ୍କ କହିବା ଅନୁସାରେ ଜେସିକାଙ୍କର ଏହି ରୋଗ ଭିଟାମିନ୍‌ର ଅଭାବ କାରଣରୁ ହୋଇଥାଏ। ପାଞ୍ଚ ବର୍ଷ ହେବ ଜେସିକାଙ୍କର ଏହି ରୋଗ ହୋଇଥିଲେ ହେଁ ତାଙ୍କର ଚିକିତ୍ସା ଠିକ୍ ଭାବେ କରାଯାଇପାରୁନାହିଁ। ଏଥିପାଇଁ ଜେସିକାର ମା' ବହୁତ ଚିନ୍ତିତ ଅଛନ୍ତି।

# ୫୦୦ କୋଟି ବନାମ ୫୦୦ଟଙ୍କା



ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ବିମୁଦ୍ରାକରଣ ନୀତି ସତ୍ତ୍ୱେ ଦେଶବାସୀ ଦେଖିଥିଲେ କର୍ଣ୍ଣାଟକର ପୂର୍ବତନ ମନ୍ତ୍ରୀ ତଥା ଖଣି ମାଲିକ ଜନାର୍ଦ୍ଦନ ରେଡ୍ଡୀଙ୍କ ଝିଅ ବ୍ରାହ୍ମଣୀଙ୍କ ୫୦୦ କୋଟିର ବିବାହ। ବିବାହ କାର୍ଡ, ପୋଷାକଠାରୁ ଆରମ୍ଭ କରି ଭୋଜିଭାତରେ ଖର୍ଚ୍ଚ ହୋଇଥିଲା କୋଟି କୋଟି ଟଙ୍କା। ଏବେ କିନ୍ତୁ ଦେଶବାସୀ ଏହି ନୀତିର ଅପରପାର୍ଶ୍ୱ ଦେଖିବାକୁ ପାଇଛନ୍ତି। ସାଧାରଣ ଜନତା ଏହି ନୀତି ଦ୍ୱାରା କେତେମାତ୍ରାରେ ପ୍ରଭାବିତ ହୋଇଛନ୍ତି ତାହାର ଜ୍ୱଳନ୍ତ ଉଦାହରଣ ସାଜିଛି ସୁରଟର ଦକ୍ଷା ପରମାର୍ ଓ ଭାରତ ମାରୁଙ୍କ ମାତ୍ର ୫୦୦ ଟଙ୍କାର ବିବାହ। ସୁରଟର ଏକ ଇଲେକଟ୍ରିସିଟି କମ୍ପାନୀରେ ଟେକ୍‌ନିସିଆନ ଭାବେ କାର୍ଯ୍ୟ କରୁଥିବା ରାଜ୍ ପରମାର୍ ନିଜ ଝିଅ ଦକ୍ଷାଙ୍କ ବିବାହ ଠିକ୍ କରିଥିଲେ କମ୍ପ୍ୟୁଟର ଇଜିନିୟର ଭାରତ ମାରୁଙ୍କ ସହ। ଦୀପାବଳି ପୂର୍ବରୁ ଉଭୟ ପରିବାରର ମିଳାମିଶା ପରେ ବିବାହ ତାରିଖ ଦୀପାବଳି ପରେ ତଥା ନଭେମ୍ବର ୨୪କୁ ନିର୍ଦ୍ଧାରଣ କରାଯାଇଥିଲା। ଏହା ମଧ୍ୟ ସ୍ଥିର କରାଯାଇଥିଲା କି ଖୁବ୍ ଧୂମ୍‌ଧାମରେ ବିବାହ କରାଯିବ। ମାତ୍ର ୮ ତାରିଖରେ ୫୦୦ ଓ ୧୦୦୦ ଟଙ୍କିଆ ଅଚଳ ଉପରେ ଭାଷଣ ଶୁଣିବା ପରେ ଚିନ୍ତାରେ ଆସିଯାଇଥିଲେ ଉଭୟ ପରିବାର। ଜାକଜମକରେ କରିବାକୁ ଥିବା ବିବାହ ଆଶା ମଉଳି ଯାଇଥିଲା ସେମାନଙ୍କର। ନିର୍ଦ୍ଧାରିତ ତାରିଖ ପରିବର୍ତ୍ତେ ଅନ୍ୟ ତାରିଖରେ ବିବାହ କରିବା ପାଇଁ ଯୋଜନା କରିବାକୁ ଆରମ୍ଭ କରିଥିଲେ। କିନ୍ତୁ ସେହି ସମୟରେ ଦକ୍ଷା ଏକ ଉପାୟ ଚିନ୍ତା କରିଥିଲେ। ସେ ବିନା ଆଡମ୍ବରରେ ଭୋଜିରେ କେବଳ ଚା ଓ ପାଣିର ବ୍ୟବସ୍ଥା କରି ବିବାହ କରିବାର ପ୍ରସ୍ତାବ ପରିବାର ସଦସ୍ୟଙ୍କୁ ଦେଇଥିଲେ। ପ୍ରଥମେ ପରିବାର ଲୋକଙ୍କୁ ଦକ୍ଷାଙ୍କ ଏହି ପ୍ରସ୍ତାବ ଉଚିତ ଲାଗିନଥିଲା। କିନ୍ତୁ ବାରମ୍ବାର ବୁଝାଇବା ପରେ ସେମାନେ ରାଜି ହୋଇଥିଲେ। ପରେ ଉଭୟ ଦକ୍ଷା ଏବଂ ତାଙ୍କ ପରିବାର ସଦସ୍ୟ ମିଶି ଭାରତଙ୍କ ପରିବାର ଲୋକଙ୍କୁ ପ୍ରସ୍ତାବ ଦେଇଥିଲେ। ପ୍ରଥମେ ମଧ୍ୟ ଭାରତଙ୍କ ପରିବାର ଠାରୁ ଅନୁରୂପ ପ୍ରତିକ୍ରିୟା ମିଳିଥିଲା। ମାତ୍ର ପରେ ସେମାନେ ମଧ୍ୟ ରାଜି ହୋଇଯାଇଥିଲେ। କାରଣ ତାଙ୍କ ପାଇଁ ପିଲାମାନଙ୍କ ବିବାହ ଅଧିକ ଗୁରୁତ୍ୱ ରଖୁଥିଲା ସେଥିରେ ଖର୍ଚ୍ଚର ପରିମାଣ ନୁହେଁ। ଦୁଇ ପରିବାରର ସମ୍ମତିରେ ବିନା ଜାକଜମକରେ ବେଦ୍ ରୋଡ ଠାରେ ଥିବା ଏକ କମ୍ୟୁନିଟି ହଲ୍‌ରେ ଆୟୋଜିତ ହୋଇଥିଲା ବିବାହ। ସେଥିରେ କନ୍ୟାପକ୍ଷରୁ ପ୍ରାୟ ୫୦ ଜଣ ଓ ବର ପକ୍ଷରୁ ପ୍ରାୟ ୧୨୫ ରୁ ୧୫୦ ଜଣ ନିମନ୍ତ୍ରିତ ଅତିଥି ଯୋଗ ଦେଇଥିଲେ। ସମସ୍ତ ଅତିଥିଙ୍କୁ ଭୋଜିରେ ଦିଆଯାଇଥିଲା ଗୋଟିଏ ଗ୍ଲାସ ପାଣି ଓ କପେ ଚା। ଏପରି ବିବାହରେ ଅତିଥି ମାନେ ମଧ୍ୟ ପୂର୍ଣ୍ଣ ସମର୍ଥନ ଜଣାଇଥିଲେ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଦକ୍ଷା ଓ ଭାରତଙ୍କ ଏହି ବିବାହକୁ ପ୍ରଶଂସା କରିଛନ୍ତି। ମନ୍ କୀ ବାତ୍ କାର୍ଯ୍ୟକ୍ରମରେ ସେ କହିଛନ୍ତି ମୁଁ ଚାଏ ପେ ଚର୍ଚ୍ଚା ଆରମ୍ଭ କରିଥିଲି କିନ୍ତୁ ଏହି ଚା ଏବେ ବିବାହ ମଣ୍ଡପରେ ପହଞ୍ଚି ଗଲାଣି ଜାଣି ଖୁସି ଲାଗୁଛି।

# ଲାଭଦାୟକ ୱେବ୍‌ସାଇଟ୍



ଅନ୍‌ଲାଇନ୍ ସପିଂର ମଜା ଯିଏ କରିଛି ସିଏ ଜାଣିଛି। ଗୋଟିଏ କ୍ଲିକ୍‌ରେ ଜିନିଷ ପାଖରେ ଆସି ହାଜର ହୋଇଯାଏ। ନା ମୁଲେଇ କରିବାକୁ ପଡ଼ିଥାଏ ନା ଘଣ୍ଟା ଘଣ୍ଟା ଅପେକ୍ଷା କରିବାକୁ ପଡ଼ିଥାଏ। କଥାରେ କହନ୍ତି ବାପାମା'ଙ୍କୁ ଛାଡ଼ିଦେଇ ସବୁକିଛି ଇଣ୍ଟରନେଟ୍‌ରେ ଉପଲବ୍ଧ। କିନ୍ତୁ ଆଜି ଆପଣଙ୍କୁ ଆମେ ଏପରି ଏକ ୱେବ୍‌ସାଇଟ୍ ବିଷୟରେ ଜଣାଇବୁ ଯେଉଁଥିରୁ ଆପଣ ଯାହା ଚାହିଁବେ ତାହା କିଣିପାରିବେ। ଜାପାନର ଏକ ୱେବ୍‌ସାଇଟ୍ ନ୍ତରେଣ୍ଟଏବାଇଫଅଟୋବା ଡଟ୍ କମ୍'ରେ ଆପଣଙ୍କୁ ଅନ୍ତଃବସ୍ତ୍ରଠାରୁ ଆରମ୍ଭ କରି ମା-ବାପା, ପତି-ପତ୍ନୀ ଏବଂ ପିଲା ମଧ୍ୟ ଭଡ଼ାରେ ମିଳିଥାନ୍ତି। ବର୍ତ୍ତମାନ ଜାପାନରେ ଏହି ୱେବ୍‌ସାଇଟ୍ ଅନେକ ଲୋକପ୍ରିୟ ହୋଇଗଲାଣି। ଏହି ୱେବ୍‌ସାଇଟ୍‌ଟି ଗ୍ରାହକମାନଙ୍କୁ ସମସ୍ତ ପ୍ରକାରର ସୁବିଧା ଯୋଗାଇବା ପାଇଁ ଗ୍ରାହକମାନଙ୍କଠାରୁ ମୋଟା ପରିମାଣର ଅର୍ଥ ନେଇଥାଏ। ଜାଣିରଖନ୍ତୁ ଏହି ୱେବ୍ ସାଇଟ୍‌ରେ କ'ଣ ସବୁ ମିଳୁଛି ? ଯଦି ଆପଣ ଏକଲା ଅଛନ୍ତି ତେବେ ଏହି ୱେବ୍‌ସାଇଟ୍‌ଟି ଆପଣଙ୍କ ଏକୁଟିଆପଣ ଦୂର କରିବା ପାଇଁ ଗ୍ରାହକଙ୍କ ଇଚ୍ଛା ମୁତାବକ ପୁରୁଷ କିମ୍ବା ସ୍ତ୍ରୀ ବନ୍ଧୁ ମଧ୍ୟ ଉପଲବ୍ଧ କରେଇଥାଏ। ଏଠାରେ ଆପଣଙ୍କୁ ଭଲ ପାଉଥିବା ମାତା-ପିତା ମଧ୍ୟ ମିଳିଥାନ୍ତି। ଏହା ବ୍ୟତୀତ ଏହା ଏପରି ଏକମାତ୍ର ୱେବ୍‌ସାଇଟ୍ ଯାହା ଅନ୍ତଃବସ୍ତ୍ରକୁ ଭଡ଼ାରେ ଦେଇଥାଏ। ଯଦି ଆପଣ ଆପଣଙ୍କର ବୋରିଂନେସ୍‌କୁ ଦୂର କରିବାକୁ ଚାହୁଁଛନ୍ତି ତେବେ ଆବଶ୍ୟକ ହେଲେ ଏକ ଛୋଟ ସୁନ୍ଦର ଶିଶୁ ସହିତ ମଧ୍ୟ ସମୟ ଅତିବାହିତ କରିପାରିବେ। ଯଦି ଆପଣଙ୍କ ପାଖରେ ସମୟ ନାହିଁ କିମ୍ବା ଆପଣ ପିଲାଙ୍କ ସ୍କୁଲ ଘରପାଠ କରିବାରେ ସାହାଯ୍ୟ କରି ପାରୁନାହାନ୍ତି ତେବେ ଏହି ୱେବ୍‌ସାଇଟଟି ଆପଣଙ୍କ ପାଇଁ ଏପରି ଏକ ବ୍ୟକ୍ତି ଠିକ୍ କରିଦେବେ ଯିଏ ଆପଣଙ୍କ ପିଲାର ଘରପାଠ କରିବାରେ ମଧ୍ୟ ସାହାଯ୍ୟ କରିବ।

# ଚର୍ଚ୍ଚାରେ 'ହରାମ୍‌ଖୋର'



ନୱାଜଉଦ୍ଦିନ ସିଦ୍ଦିକି ଓ ଶ୍ୱେତା ତ୍ରିପାଠୀଙ୍କ ଅଭିନୀତ ଫିଲ୍ମ 'ହରାମ୍‌ଖୋର'ର ଟ୍ରେଲର ରିଲିଜ କରାଯାଇଛି। ପୂର୍ବରୁ ଫିଲ୍ମକୁ ନେଇ କିଛି ସମସ୍ୟା ଦେଖାଦେଇଥିଲା। ମାତ୍ର ଫିଲ୍ମଟି ସମାଜକୁ ଏକ ସୁନ୍ଦର ବାର୍ତ୍ତା ପ୍ରଦାନ କରୁଥିବାରୁ ଏହାର ବ୍ୟାନକୁ ହଟାଇଦିଆଯାଇଛି। ଗୁଜୁରାଟର ଏକ ଛୋଟ ଗାଁରେ ସୁଟିଂ କରାଯାଇଛି ସମ୍ପୂର୍ଣ୍ଣ ଫିଲ୍ମ। ଶ୍ଲୋକ ଶର୍ମାଙ୍କ ନିର୍ଦ୍ଦେଶନାରେ ମାତ୍ର ୧୬ଦିନରେ ଶେଷ ହୋଇଛି ପୂରା ଫିଲ୍ମର ସୁଟିଂ। ଫିଲ୍ମର କାହାଣୀରେ ଜଣେ ୧୪ବର୍ଷର ଝିଅର ନିଜ ପ୍ରଫେସରଙ୍କ ସହ ପ୍ରେମକାହାଣୀକୁ ଦର୍ଶାଯାଇଛି। ନିଛକ ଗାଁର ଛବି ଓ ଏହାର ସଙ୍ଗୀତ ଟ୍ରେଲରଟିକୁ ଅଧିକ ଆକର୍ଷଣୀୟ କରିଛି।

# ମୃତ୍ୟୁକୁ ନେଇ ଆତଙ୍କ



ଭୟଙ୍କର ଗାଁ ନାମ ଶୁଣିବା କ୍ଷଣି ମନରେ ଅନେକ ପ୍ରଶ୍ନ ଉଙ୍କି ମାରେ। କ'ଣ ପାଇଁ ଗାଁର ଏପରି ବିଚିତ୍ର ନାମ ରହିଛି ? ଏହା ପଛରେ ରହସ୍ୟ କ'ଣ ଜାଣିବାକୁ ମଧ୍ୟ ଜିଜ୍ଞାସା ଯାତ ହୋଇଥାଏ। ପଞ୍ଜାପୁରର ବଡଗାଓଁ ଭୟଙ୍କର ଗ୍ରାମ ଭାବେ ପ୍ରସିଦ୍ଧ। ଏହି ଗ୍ରାମରେ ଆଜିକୁ ୨୨ ବର୍ଷ ତଳେ ଜଣେ ବ୍ୟକ୍ତିର ମୃତୁ ଘଟିଥିଲା। ବାଶ୍ ତା' ପରେ ବିଗତ ୨୨ ବର୍ଷର ଠାରୁ ପ୍ରତି ଦଶ ଦିନ ଅନ୍ତରରେ ପ୍ରତ୍ୟେକଙ୍କ ଘରୁ ଜଣେ ଲେଖାଏଁ ସଦସ୍ୟଙ୍କର ମୃତ୍ୟୁ ହେବାରେ ଲାଗିଛି। ଗ୍ରାମବାସୀମାନେ କେବଳ ଚିନ୍ତାରେ ରହିଥାନ୍ତି ଯେ, କାହାର ମୃତ୍ୟୁ ଘଟିଲା ଏବଂ ଏବେ ଆଉ କାହାର ପାଳି ପଡିବ। ଏହାକୁ ଗ୍ରାମବାସୀଙ୍କ ଦୁର୍ଭାଗ୍ୟ କୁହାଯିବ ନା ଅନ୍ଧବିଶ୍ୱାସ ନା ଆଉ କିଛି ? ବରିଷ୍ଠ ବ୍ୟକ୍ତି, ଡାକ୍ତର ଓ ଶିକ୍ଷକ ଏସବୁ ବିଶ୍ୱାସ କରିବାକୁ ବାଧ୍ୟ। କିଛି ରୋଗ ନଥାଇ ଆଖି ସାମନାରେ ଭଲ ଲୋକଙ୍କର ଏଠାରେ ମୃତ୍ୟୁ ହେବାରେ ଲାଗିଛି।




# ପ୍ରତିଷ୍ଠାତା ଥିଲେ ବିପ୍ଳବୀ ସୁଭାଷ ବୋଷ

ଭାରତରେ ଉଚ୍ଚନୀଚ ଜାତିଆଣ ଭାବ ପ୍ରତି ଆସକ୍ତରୁ ଉର୍ଦ୍ଧରେ ରହି ଜାତି, ଧର୍ମ ନିର୍ବିଶେଷରେ ସାଧାରଣ ଜନତାଙ୍କ ପାଇଁ ଏକ ସମାଜବାଦୀ ଗଣତନ୍ତ୍ର ପ୍ରତିଷ୍ଠା କରିବା ଥିଲା ସୁଭାଷଙ୍କର ଏକମାତ୍ର ଲକ୍ଷ୍ୟ। ସେହିଭଳି ଜଣେ ମହାନ ବିପ୍ଳବୀ ସ୍ୱାଧୀନତା ସଂଗ୍ରାମୀ ସତୀର୍ଥ ଓଡିଶା ମାଟିର କଟକ ସହରର ଓଡିଆ ବଜାରରେ ୧୮୯୭ ମସିହା ଜାନୁୟାରୀ ମାସ ୨୩ ତାରିଖରେ ମାତା ପ୍ରଭାବତୀ ଦେବୀ ଓ ପିତା ଜାନକୀ ବୋଷଙ୍କ କୋଳ ମଣ୍ଡନ କରିଥିଲେ। ତାଙ୍କ ପିତାଙ୍କର ସେ ଥିଲେ ଷଷ୍ଠ ପୁତ୍ର ଓ ନବମ ସନ୍ତାନ। ପିଲାଟି ଦିନରୁ ତାଙ୍କ ଉପରେ ପିତାମାତାଙ୍କର ଆଧ୍ୟାତ୍ମିକ ଚିନ୍ତାଧାରା ତାଙ୍କ ଭବିଷ୍ୟତ ଜୀବନକୁ ପ୍ରଭାବିତ କରିଥିଲା। ସୁଭାଷଚନ୍ଦ୍ର ବୋଷ ଅଷ୍ଟ୍ରିଆରେ ଥିବା ସମୟରେ ୧୯୩୭ ମସିହାରେ ତାଙ୍କର ଆତ୍ମଜୀବନୀ ଲେଖିଥିଲେ। ମାତ୍ର ତାଙ୍କର ସେ ପୁସ୍ତକଟି ଅସମ୍ପୂର୍ଣ୍ଣ ଭାବେ ରହିଥିଲା। ସେ ପୁସ୍ତକରେ ସେ କଟକରେ ତାଙ୍କର ବାଲ୍ୟଜୀବନ, କଲିକତାର ପ୍ରେସିଡେନସି ଓ ସ୍କଟିସ ଚର୍ଚ୍ଚ କଲେଜରେ ଛାତ୍ର ଜୀବନ, ଇଂଲଣ୍ଡରେ ଆଇ.ସି.ଏସ୍ ପରୀକ୍ଷାରେ ସଫଳତା ଓ ଏଥିରୁ ଇସ୍ତଫା ଦେବା ବିଷୟ ବିସ୍ତୃତ ଭାବେ ବର୍ଣ୍ଣନା କରିଚନ୍ତି। ଏହା ପାଠକଲେ ପାଠକ ମନରେ ତତ୍କାଳୀନ ଓଡିଶା ଓ ଭାରତର ସାମାଜିକ, ସାଂସ୍କୃତିକ ଓ ରାଜନୈତିକ ପରିସ୍ଥିତି ବିଷୟରେ ସମ୍ୟକ ଧାରଣା ଆସିଥାଏ। ଯଦିଓ ସେ ଏକ ଯୌଥ ପରିବାରରେ ବଢିଥିଲେ ତଥାପି ସୁଭାଷଙ୍କୁ ଯେତେବେଳେ ୫ ବର୍ଷ ହୋଇଥିଲା ତାଙ୍କ ପିତା ତାଙ୍କ ନାମ ମିସନାରୀ ସ୍କୁଲରେ ଲେଖାଇ ଦେଇଥିଲେ। ଉକ୍ତ ସ୍କୁଲରେ ପଢାଇବାର ଉଦ୍ଦେଶ୍ୟ ଥିଲା ତାଙ୍କର ଇଂରାଜୀ ଜ୍ଞାନର ଅଭିବୃଦ୍ଧି କରିବା। ଉକ୍ତ ବିଦ୍ୟାଳୟରେ ଅନେକ ଆଙ୍ଗଲୋ ଇଣ୍ଡିଆନ ପିଲାମାନେ ଅନେକ ସଂଖ୍ୟାରେ ପଢୁଥିଲେ। ମାତ୍ର ତାଙ୍କର ବୟସ ବୃଦ୍ଧି କ୍ରମେ ଅନେକ କାରଣରୁ ତାଙ୍କର ଏ ଅନୁଷ୍ଠାନ ପ୍ରତି ବିତୃଷ୍ଣା ଭାବ ଆସି ଯାଇଥିଲା। ସେ ଲକ୍ଷ୍ୟ କରିପାରିଥିଲେ ସେଠାରେ ଭାରତୀୟ ଓ ଇଂଲଣ୍ଡ ଛାତ୍ରଙ୍କ ମଧ୍ୟରେ ବାଛବିଚାର କରାଯାଉଥିଲା। ବାଇବେଲ ଘୋଷିବାକୁ ବାଧ୍ୟ କରାଯାଉଥିଲା ବେଳେ ଇଂଲଣ୍ଡର ଇତିହାସ ଓ ଭୂଗୋଳ ପଢିବାକୁ ପଡୁଥିଲା ବେଳେ ଭାରତ ବର୍ଷ ସମ୍ପର୍କରେ କିଛି ପଢା ଯାଉ ନଥିଲା। ଭାରତୀୟ ଛାତ୍ରମାନଙ୍କୁ ବୃତ୍ତି (ସ୍କଲାରସିପ୍) ପରୀକ୍ଷା ଦେବାରୁ ବଂଚିତ କରାଯାଉଥିଲା। ଭାରତୀୟ ସଂସ୍କୃତି ତଥା ଭାରତର ମହାପୁରୁଷଙ୍କ ବିଷୟରେ ଜ୍ଞାନରୁ ବଞ୍ଚିତ କରାଯିବା ଇତ୍ୟାଦି ଭେଦଭାବ ଯୋଗୁ ତାଙ୍କ ମନରେ ତିକ୍ତତା ଭାବ ଉଦ୍ରେକ ହୋଇଥିଲା। ମାତ୍ର ସାତ ବର୍ଷ ବୟଷରେ ସେ ଉକ୍ତ ବିଦ୍ୟାଳୟ ଛାଡି ଓଡିଆ ସ୍କୁଲରେ ଅଧ୍ୟୟନ କରିବାକୁ ମନବଳାଇ ଥିଲେ। ତେଣୁ ତାଙ୍କ ନାମରେଭେନ୍ସା କଲେଜିଏଟ୍‌ରେ ଲେଖାଯାଇ ନଥିଲା। ଏହି ସ୍କୁଲର ପ୍ରଧାନ ଶିକ୍ଷକ ବେଣୀମାଧବ ଦାସ ସୁଭାଷଙ୍କର ଅତି ପ୍ରିୟ ଥିଲେ ଓ ବେଣୀମାଧବ ସୁଭାଷଙ୍କୁ ଅତ୍ୟନ୍ତ ଭଲପାଉଥିଲେ। ତାଙ୍କ ଭିତରେ ଜଣେ ଆଦର୍ଶ ଗୁରୁର ପ୍ରଭାବକୁ ସେ ଅନୁଭବ କରିଥିଲେ। ପ୍ରକୃତିକୁ ଭଲପାଇବା ଓ ଭଲ ମଣିଷ ହେବାର ପ୍ରେରଣା ସେ ତାଙ୍କଠାରୁ ଲାଭ କରିଥିଲେ।

ଅନେକ ଆଧ୍ୟାତ୍ମିକ ପୁସ୍ତକ ପାଠକରି ସେ ଜାଣିପାରିଥିଲେ ଗୋଟିଏ ଆଧ୍ୟାତ୍ମିକତାର ଆକର୍ଷଣ ଓ ଅନ୍ୟଟି ବସ୍ତୁବାଦୀ ଜଗତର ମମତା। ମାତ୍ର ସେ କେଉଁ ପଥରେ ଅଗ୍ରସର ହେବେ ଏହା ତାଙ୍କ ମନକୁ ଆନ୍ଦୋଳିତ କରୁଥିଲା। ଏହି ସମୟରେ ସେ ବିବେକାନନ୍ଦଙ୍କ ରଚିତ ପୁସ୍ତକ ପଢିବାର ସୁଯୋଗ ପାଇଲେ, ଯାହା ତାଙ୍କ ଆନ୍ଦୋଳିତ ମନକୁ ଶାନ୍ତ କରିବା ସହ ସେ ଅନୁଭବ କରିଥିଲେ "ମାନବର ସେବାହିଁ ମାଧବର ସେବା"। ପ୍ରକୃତ ଧର୍ମର ଲକ୍ଷ ହେଉଛି ଦୁଃଖୀଭିଭୁତ ଓ ନିପୀଡିତ ମାନଙ୍କ ସେବାକରିବା। ଏହାପରେ ସେ ନିଜ ଜୀବନକୁ ସାଧାରଣ ଜନତାର ସେବାରେ ଲଗାଇଥିଲେ। ଏବଂ ନିଜ ସାଙ୍ଗ ମାନଙ୍କୁ ନେଇ ଏକ ସେବାଦଳ ଗଠନ କରିଥିଲେ। ସେ ଜଣେ ବିଚକ୍ଷଣ ଛାତ୍ର ଥିଲେ। ତାଙ୍କର ଥିଲା ପ୍ରଖର ସ୍ମୃତି ଶକ୍ତି। ଫଳରେ ଅତି ଅଳ୍ପ ପଢିମଧ୍ୟ ସେତେବେଳର ମାଟ୍ରିକ ପରୀକ୍ଷାରେ ଆଶାତୀତ ସଫଳତା ଲାଭ କରିଥିଲେ। ପୁଅର ଭବିଷ୍ୟତ ଉଜ୍ଜ୍ୱଳ କରିବାକୁ ତାଙ୍କ ପିତା ମାତା ତାଙ୍କୁ ପ୍ରେସିଡେନ୍ସି କଲେଜରେ ପଢିବା ପାଇଁ କଲିକତା ପଠାଇଦେଲେ। ଯେଉଁଠାରେ ଇଂରେଜ ଶାସନ ବିରୁଦ୍ଧରେ ଜନ ଆନ୍ଦୋଳନ ତେଜି ଉଠୁଥିଲା। ମାତ୍ର ଏଥିରୁ ନିଜକୁ ଦୁରେଇ ରଖି ପଢାପଢିରେ ସେ ମନୋନିବେଶ କରିଥିଲେ। ତାଙ୍କ ସହିତ ତାଙ୍କର ଅନେକ ସମଭାବାପନ୍ନ ବନ୍ଧୁ ତାଙ୍କପ୍ରତି ଆକର୍ଷିତ ହେବାସହ ସେମାନେ ଏକ ଗ୍ରୁପ ବା ଦଳ ଗଢିଥିଲେ। ସେ ସମୟରେ କଲିକତାରେ ଆଉ ଗୋଟିଏ ବିପ୍ଳବୀ ଗୋଷ୍ଠୀ ଥିଲେ ସେମାନେ ହିଂସା ପଥର ଆଶ୍ରୟ ନେଉଥିଲେ। ସୁଭାଷଙ୍କ ଦଳ ସଦାବେଳେ ସାଧୁସନ୍ଥ ମାନଙ୍କ ସହିତ ମିଶିବା ସହ ତାଙ୍କ ଆଦର୍ଶରେ ଅନୁପ୍ରାଣିତ ହେଉଥିଲେ। ମାତ୍ର ଭାରତୀୟଙ୍କ ଉପରେ ଇଂରେଜ ମାନଙ୍କର ଅନ୍ୟାୟ ଅତ୍ୟାଚାର ତାଙ୍କ ମନକୁ ସଦାବେଳେ ଭାରାକ୍ରାନ୍ତ କରୁଥିଲା। ଛାତ୍ରାବସ୍ଥାରୁ ହିଁ ସୁଭାଷଙ୍କ ଠାରେ ବିପ୍ଳବୀ ଲକ୍ଷଣର ଆଭାଷ ମିଳିଥିଲା। ତୃତୀୟ ବାର୍ଷିକ କଳାଛାତ୍ର ଥିଲାବେଳେ ଇଂରାଜୀ ଅଧ୍ୟାପକ ମି. ଓ୍ୱାଟେନଙ୍କର ଔଦ୍ଧତ୍ୟ ପାଇଁ ତାଙ୍କୁ ଉଚିତ ଶିକ୍ଷାଦେଇ କଲେଜରୁ ବହିଷ୍କୃତ ହୋଇଥିଲେ। ପରେ କଲିକତା ବିଶ୍ୱବିଦ୍ୟାଳୟର ତଦାନୀନ୍ତନ କୁଳପତି ସାର. ଆଶୁତୋଷ ମୁଖାର୍ଜୀଙ୍କ ଦୟାରୁ ସୁଭାଷ ଦେଢବର୍ଷ ପରେ ସ୍କଟିଶ୍ ଚର୍ଚ୍ଚ କଲେଜରେ ନାମ ଲେଖାଇଲେ। ଏହି ମଧ୍ୟବର୍ତ୍ତୀ ଦେଢବର୍ଷ କାଳ ତାଙ୍କ ପିତାଙ୍କ ଓକିଲାତି କାର୍ଯ୍ୟରେ ସହାଯ୍ୟ କରିବା ସହ ଏକ ସ୍ୱେଚ୍ଛାସେବକ ଦଳ ଗଠନ କରି ତତ୍କାଳୀନ ଓଡିଶାର ହଇଜାଗ୍ରସ୍ତ ଓ ବନ୍ୟା ପ୍ରପୀଡିତ ଜନତାର ସେବା କରିଥିଲେ। ସ୍କଟିଶ ଚର୍ଚ୍ଚ କଲେଜରେ ଦର୍ଶନ ଶାସ୍ତ୍ରରେ ପ୍ରଥମ ଶ୍ରେଣୀରେ ଉତିର୍ଣ୍ଣ ହେବାସହ ବିଶ୍ୱବିଦ୍ୟାଳୟରେ ଦ୍ୱିତୀୟ ସ୍ଥାନ ଲାଭକଲେ।

# କବ୍ ବୁଲ୍‌ବୁଲ୍ ଉତ୍ସବ ଉଦ୍‌ଯାପିତ



ଭୁବନେଶ୍ୱର (ପିଏନ୍): ଓଡିଶା ରାଜ୍ୟ ଭାରତ ସ୍କାଉଟସ୍ ଓ ଗାଇଡସ୍ ସଂଗଠନ ଆନୁକୂଲ୍ୟରେ ମୁଖ୍ୟ କାର୍ଯ୍ୟାଳୟ ପରିସରଠାରେ ତା୧୯.୯.୨୦୨୨ରିଖ ଠାରୁ ଆୟୋଜିତ ହୋଇଥିବା କବ୍ ବୁଲ୍‌ବୁଲ୍ ଉତ୍ସବର ଉଦ୍‌ଯାପନୀ ସମାରୋହ ତା୨୨.୯.୨୨ରିଖ ଦିନ ଅନୁଷ୍ଠିତ ହୋଇଅଛି । ୧୧ ଗୋଟି ଜିଲ୍ଲାରୁ ୫୩୫ ଜଣ କବ୍ ବୁଲ୍‌ବୁଲ୍ ଏହି ଉତ୍ସବରେ ଯୋଗଦେଇଛନ୍ତି । ତା୧୯.୯.୨୦୨୨ରିଖ ଦିନ ଅପରାହ୍ନ ୪.୦୦ ଘଟିକା ସମୟରେ ଜାତୀୟ ଉପସଭାପତି ତଥା ରାଜ୍ୟ ମୁଖ୍ୟ କମିଶନର ଡଃ କାଳିପ୍ରସାଦ ମିଶ୍ରଙ୍କ ପୌରୋହିତ୍ୟରେ ରାଜ୍ୟସଭାପତି ତଥା ଖାଦ୍ୟ ଯୋଗାଣ ଓ ସମବାୟ ମନ୍ତ୍ରୀ ଶ୍ରୀଯୁକ୍ତ ଅତନୁ ସବ୍ୟସାଚୀ ନାୟକ, ସମ୍ମାନୀତ ଅତିଥିଭାବେ ଉପସଭାପତି ଡଃ. (ଶ୍ରୀମତୀ) ମିନତୀ ବେହେରା, 'ପ୍ରଗତିବାଦୀ' କାର୍ଯ୍ୟନିର୍ବାହୀ ସମ୍ପାଦକ ଶ୍ରୀଯୁକ୍ତ ବିରୁପାକ୍ଷ ତ୍ରିପାଠୀ, ଶ୍ରୀମତୀ ପ୍ରୀତିଛନ୍ଦା ଧଳ, ଓଡିଶା ବିଧାନସଭା ସଚିବ ଶ୍ରୀଯୁକ୍ତ ଦାଶରଥୀ ଶତପଥୀ, ଆଇଏଏସ୍, ପୋଲିସ କମିଶନର, ଭୁବନେଶ୍ୱର-କଟକ ଶ୍ରୀଯୁକ୍ତ ସୌମେନ୍ଦ୍ର ପ୍ରିୟଦର୍ଶୀ, ଆଇପିଏସ୍ ଉତ୍ସବକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରି ସ୍କାଉଟ ଗାଇଡ୍‌ରେ କବ୍ ବୁଲ୍‌ବୁଲ୍‌ମାନଙ୍କ ବହୁଳ



ଯୋଗଦାନ ସେମାନଙ୍କର ଭବିଷ୍ୟତ ଗଠନରେ ସହାୟକ ହେବ ବୋଲି ବର୍ଣ୍ଣନା କରିଥିଲେ । ଉତ୍ସବର ବିଭିନ୍ନ ଦିନମାନଙ୍କରେ କବ୍ ବୁଲ୍‌ବୁଲ୍‌ମାନେ ମଧ୍ୟ ଗୋଷ୍ଠୀ ସଂଗୀତ, ଆଞ୍ଚଳିକ ନୃତ୍ୟ, ଅଭିନୟ, ଚିତ୍ରାଙ୍କନ, ହସ୍ତକଳା, କୁଇଜ୍, ମୀନାବଜାର ଆଦି ଭିନ୍ନ ଭିନ୍ନ ପ୍ରତିଯୋଗିତାରେ ଭାଗନେଇ ସେମାନଙ୍କର ଦକ୍ଷତା ପ୍ରଦର୍ଶନ କରିଥିଲେ । ବିଭିନ୍ନ ଦୁଃସାହସିକ ପ୍ରକଳ୍ପରେ ଯୋଗଦାନ କରି ସେମାନଙ୍କର ଅସୀମ ସାହସିକତା ପ୍ରଦର୍ଶନ କରିବାରେ କବ୍ ବୁଲ୍‌ବୁଲ୍‌ମାନେ ପଛାଇ ନ ଥିଲେ। ଉତ୍ସବର ତୃତୀୟ ଦିବସରେ ଭୁବନେଶ୍ୱରର ମାନ୍ୟବର ମେୟର ଶ୍ରୀମତୀ ସୁଲୋଚନା ଦାସ ଯୋଗଦେଇ ପିଲାମାନଙ୍କର କାର୍ଯ୍ୟକ୍ରମ ଦେଖି ସନ୍ତୋଷ ବ୍ୟକ୍ତ କରିବା ସହିତ ସେମାନଙ୍କୁ ବହୁ ଉପଦେଶ ପ୍ରଦାନ କରିଥିଲେ। କବ୍ ବୁଲ୍‌ବୁଲ୍‌ମାନଙ୍କ ପ୍ରତ୍ୟେକଟି କାର୍ଯ୍ୟରେ ରାଜ୍ୟ ମୁଖ୍ୟ କମିଶନର ଡଃ କାଳିପ୍ରସାଦ ମିଶ୍ରଙ୍କ ସଦୟ ଉପସ୍ଥିତି କବ୍ ବୁଲ୍‌ବୁଲ୍‌ମାନଙ୍କୁ ପ୍ରେରଣା ଯୋଗାଇବାରେ ସହାୟକ ହୋଇପାରିଛି ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ। ଗତକାଲି ଡଃ. ମିଶ୍ରଙ୍କ ପୌରୋହିତ୍ୟରେ ଆୟୋଜିତ ଉଦ୍‌ଯାପନୀ ସମାରୋହରେ ମୁଖ୍ୟ ଅତିଥି ଭାବରେ ଯୋଗଦେଇଥିଲେ ଉପସଭାପତି ତଥା ଅବସରପ୍ରାପ୍ତ ନ୍ୟାୟଧୀଶ (କ୍ୟାଟ) ଶ୍ରୀଯୁକ୍ତ ମନୋରଞ୍ଜନ ମହାନ୍ତି, ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶକ, ଯାଜପୁର ଜିଲ୍ଲା ଶିକ୍ଷାଧିକାରୀ ଶ୍ରୀଯୁକ୍ତ ରଞ୍ଜନ କୁମାର ଗିରି, ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରଣାଳୟ ଅତିରିକ୍ତ ସଚିବ ଶ୍ରୀଯୁକ୍ତ ଅଶୋକ କୁମାର ରଥ ଯୋଗଦେଇ କବ୍ ବୁଲ୍‌ବୁଲ୍‌ମାନଙ୍କ ସମସ୍ତ କାର୍ଯ୍ୟକ୍ରମ ବିଶେଷ କରି ସେମାନଙ୍କ ଦ୍ୱାରା ପ୍ରସ୍ତୁତ ବିଭିନ୍ନ କାର୍ଯ୍ୟକ୍ରମ ଦେଖି ସନ୍ତୋଷବ୍ୟକ୍ତ କରିବା ସହିତ ଏପରି ଉତ୍ସବ ଆୟୋଜନର ଉଚ୍ଚ ପ୍ରଶଂସା କରିଥିଲେ। ପ୍ରାରମ୍ଭରେ ରାଜ୍ୟ ରାଜ୍ୟ କୋଷାଧ୍ୟକ୍ଷ ଶ୍ରୀ ଭବାନୀ ପ୍ରସାଦ ମିଶ୍ର ଅତିଥିମାନଙ୍କୁ ସ୍ୱାଗତ କରିବା ପରେ ସହ-ସମ୍ପାଦକ କବ୍ ବୁଲ୍‌ବୁଲ୍ ଉତ୍ସବର କାର୍ଯ୍ୟକ୍ରମ ବିଷୟରେ ଅତିଥିମାନଙ୍କୁ ଅବଗତ କରାଇଥିଲେ। କୁନି କୁନି କବ୍ ବୁଲ୍‌ବୁଲ୍‌ମାନଙ୍କୁ ଉଦ୍‌ବୋଧନ ଦେବାକୁ ଯାଇ ଏଇ ଅବସ୍ଥାରେ ସେମାନଙ୍କର ଉତ୍ସବରେ ବିଭିନ୍ନ କାର୍ଯ୍ୟକ୍ରମର ଯୋଗଦାନକୁ ଭୂୟସୀ ପ୍ରଶଂସା କରିବା ସହିତ ଏ ପ୍ରକାର ଉତ୍ସବ ଆୟୋଜନ ଦ୍ୱାରା ସେମାନଙ୍କର ଉଜ୍ଜ୍ୱଳ ଭବିଷ୍ୟତ ଗଢ଼ାହେବ ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ। ପ୍ରତିଯୋଗିତାରେ ଶ୍ରେଷ୍ଠ ବିବେଚିତ ବିଦ୍ୟାଳୟଗୁଡିକୁ ଅତିଥିମାନଙ୍କ ଦ୍ୱାରା ପୁରସ୍କୃତ କରାଯାଇଥିଲା। ରାଜ୍ୟ ସଂପାଦକ ଶ୍ରୀ ଶରତ ଚନ୍ଦ୍ର ପାଇକରାୟ ଧନ୍ୟବାଦ ଅର୍ପଣ କରିଥିଲେ। ଶେଷରେ କବ୍ ବୁଲ୍‌ବୁଲ୍‌ମାନଙ୍କ ଦ୍ୱାରା ଆକର୍ଷଣୀୟ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା।

# ମା' ମନସା ଦେବୀ ଶକ୍ତିପୀଠ



ଶିଓ୍ୱାଲିକ୍ ପର୍ବତ ମାଳାରୁ ନେଇ କୁରୁକ୍ଷେତ୍ର ପର୍ଯ୍ୟନ୍ତ ୪୮କୋଷର ସିନ୍ଧୁବନରେ ଋଷି-ମୁନୀ ମାନେ ପୁରାଣ ରଚନା କରିଥିଲେ। ଏହି ସମସ୍ତ ଭୂଭାଗ ଦେବଧରା ନାମରେ ଜଣାଶୁଣା।

ଏହି ପରମ୍ପରାରେ ହରିଆନାର ପଞ୍ଚକୁଳାରେ ଶିଓ୍ୱାଲିକ୍ ପର୍ବତମାଳାର କୋଳରେ ସିନ୍ଧୁବନର ଶେଷ ସୀମାରେ ପ୍ରାକୃତିକ ସୌନ୍ଦର୍ଯ୍ୟରେ ଆଚ୍ଛାଦିତ ଏକଦମ ମନୋରମ ଏବଂ ଶାନ୍ତ ପରିବେଶରେ ମାତା ମନସା ଦେବୀଙ୍କ ମନ୍ଦିର ଅବସ୍ଥିତ। ଯଦି କୌଣସି ଭକ୍ତ ସଚ୍ଚା ମନରେ ଚାଳିଶ ଦିନ ପର୍ଯ୍ୟନ୍ତ ଲଗାତାର ମାତା ମନସା ଦେବୀ ଙ୍କର ମନ୍ଦିରରେ ପହଞ୍ଚି ପୂଜାର୍ଚ୍ଚନା କରନ୍ତି, ତେବେ



ମାତା ମନସା ଦେବୀ ତାଙ୍କର ମନୋକାମନା ଅବଶ୍ୟ ପୂରଣ କରିଥାନ୍ତି। ମାତା ମନସା ଦେବୀଙ୍କର ଚୈତ୍ର ଏବଂ ଆଶ୍ୱିନ ମାସର ନବରାତ୍ର ପର୍ବରେ ରେ ବଡ଼ ଧରଣର ମେଳା ବସିଥାଏ। ଏହି ପର୍ବ ମାତାଙ୍କର ପ୍ରମୁଖ ପର୍ବ ଭାବେ ପାଳନ କରାଯାଏ।

ମାତା ମନସା ଦେବୀଙ୍କ ମନ୍ଦିରକୁ ନେଇ କେତେକ ଧାରଣା ଓ ମାନ୍ୟତା ପ୍ରଚଳିତ ରହିଛି। ଶ୍ରୀ ମାତା ମନସା ଦେବୀଙ୍କ ଇତିହାସ



ଅନ୍ୟ ସିଦ୍ଧ ଶକ୍ତିପୀଠ ଭଳି ଅତି ପ୍ରାଚୀନ। ଶ୍ରୀ ମାତା ମନସା ଦେବୀଙ୍କ ଆବିର୍ଭାବ ହେବାର ଉଲ୍ଲେଖ ଶିବ ପୁରାଣରେ ରହିଛି।

ହିନ୍ଦୁ ପୁରାଣ ଶାସ୍ତ୍ର ଅନୁଯାୟୀ ଦକ୍ଷରାଜ ଯଜ୍ଞ କଲାବେଳେ ନିଜ ଝିଅ ବା ଭଗବାନ ଶିବଙ୍କ ପତ୍ନୀ ଦେବୀ ସତୀ ଓ ଶିବଙ୍କୁ ଯଜ୍ଞରେ ଉପସ୍ଥିତ ହେବାକୁ ନିମନ୍ତ୍ରଣ କରି ନଥିବାରୁ ଅତି ଦୁଃଖରେ ମା'ସତୀ ଯଜ୍ଞକୁଣ୍ଡରେ ଆତ୍ମଦାହ କଲେ। ତ୍ରିକାଳଦର୍ଶୀ ଶିବ ଏ ଖବର ଜାଣିପାରିଲେ। ଭଗବାନ ଶିବ ସଙ୍ଗେ ସଙ୍ଗେ ଘଟଣାସ୍ଥଳରେ ପହଞ୍ଚି ଯାହା ଦେଖିଲେ, ସେ ନିଜେ ବି ବିଶ୍ୱାସ କରିପାରିଲେ ନାହିଁ। ରାଗରେ ଜର୍ଜ୍ଜରିତ ହୋଇ ଭଗବାନ ଶିବ ସତୀଙ୍କ ମରଶରୀର ନିଜ ହାତରେ ଧରି ତାଣ୍ଡବ ନୃତ୍ୟ କରିବାକୁ ଲାଗିଲେ। ସବୁଆଡ଼େ ଚାଲିଲା ଧ୍ୱଂସଲୀଳା। ଏହାର ସମାଧାନ ପାଇଁ ଦେବ ଦେବୀମାନେ ଭଗବାନ ବ୍ରହ୍ମା ଓ ଭଗବାନ ବିଷ୍ଣୁଙ୍କୁ ଅନୁରୋଧ କଲେ। ଭଗବାନ ଶିବ ଧରିଥିବା ସତୀଙ୍କ ମର ଶରୀରକୁ ଖଣ୍ଡ ବିଖଣ୍ଡିତ କରି ଆତ୍ମା ରହିତ କରିବାକୁ ବିଷ୍ଣୁ ନିଜର ସୁଦର୍ଶନ ଚକ୍ରକୁ ଆଦେଶ ଦେଲେ। ସୁଦର୍ଶନ ଚକ୍ର ଦ୍ୱାରା ମା'ସତୀଙ୍କ ଶରୀର ଖଣ୍ଡ ବିଖଣ୍ଡିତ ହୋଇଗଲା ଓ ମା'ଙ୍କ ଶରୀରର ବିଭିନ୍ନ ଅଂଶ ଭାରତୀୟ ଉପମହାଦେଶର ଅନେକ ସ୍ଥାନରେ ବିଞ୍ଚି ହୋଇ ପଡ଼ିଲା। ସର୍ବ ଶେଷରେ ସତୀଙ୍କ ଅଙ୍ଗର ମୁଖ୍ୟାଂଶ ସହ ସମସ୍ତ ଖଣ୍ଡକୁ ଖୋଜି ପୂଜାର୍ଚ୍ଚନା ତଥା ଖଣ୍ଡଗୁଡ଼ିକୁ ସୁରକ୍ଷା ଦେବାକୁ ଭଗବାନ ଭୈରବଙ୍କୁ ନିର୍ଦ୍ଦେଶ ଦେଲେ ବ୍ରହ୍ମା। ସେହି ଦୁର୍ଲଭ ସ୍ଥାନଗୁଡ଼ିକୁ ବ୍ରହ୍ମା, ବିଷ୍ଣୁ ଓ ଶିବ ମିଶି ଶକ୍ତି ପୀଠର ମାନ୍ୟତା ଦେଲେ। ସେଗୁଡ଼ିକ ମଧ୍ୟରେ ୪ଟି ଆଦିଶକ୍ତି ପୀଠ, ୧୮ଟି ମହାଶକ୍ତି ପୀଠ ଓ ୫୧ଟି ଶକ୍ତିପୀଠ ରହିଛି। ଆଦିଶକ୍ତି ପୀଠ ହେଲେ- (୧)ପୁରୀ ଶ୍ରୀମନ୍ଦିରରେ ପୂଜିତା ମା'ବିମଳା (ପାଦଖଣ୍ଡ),



(୨) ଗଞ୍ଜାମ ଜିଲ୍ଲା ବ୍ରହ୍ମପୁର ସହର ନିକଟସ୍ଥ ଋଷିକୂଲ୍ୟା ନଦୀ ଉପକଣ୍ଠରେ କୁମାରୀ ପାହାଡ଼ ଉପରେ ବିରାଜିତ ମା'ତାରାତାରିଣୀ (ସ୍ତନଖଣ୍ଡ), (୩) ଆସାମର ଗୌହାଟୀ ସ୍ଥିତ କାମାକ୍ଷା ଦେବୀ (ଜୋନିଖଣ୍ଡ) ଓ (୪) କୋଲକତାର ଦକ୍ଷିଣ କାଳୀ (ମୁଖଖଣ୍ଡ)। ଓଡ଼ିଶାରେ ମଧ୍ୟ ଗୋଟିଏ ମହା ଶକ୍ତିପୀଠ ମା' "ବିରଜା" ରହିଛନ୍ତି।



ତେବେ ଭାରତୀୟ ଉପମହାଦେଶରେ ଥିବା ଶକ୍ତିପୀଠମାନଙ୍କ ମଧ୍ୟରେ ହିମାଚଳ ପ୍ରଦେଶର କାଙ୍ଗଡ଼ାରେ ମାତା ସତୀଙ୍କ ମସ୍ତକ ଖଣ୍ଡ ପଡ଼ିଥିଲା। ଏଥିଯୋଗୁ ଏହି ସ୍ଥାନରେ ମାତା ମନସା ଦେବୀଙ୍କର ଭବ୍ୟ ମନ୍ଦିର ନିର୍ମାଣ ହୋଇଥିଲା। ସେହିପରି ଏଠାରେ ମାତାଙ୍କ ମସ୍ତକ ପଡ଼ିବାରୁ ବ୍ରଜେଶ୍ୱରୀ ଦେବୀ ଶକ୍ତିପୀଠ, ଜ୍ୱାଳାମୁଖୀରେ ଜିହ୍ୱା ଖଣ୍ଡ ପଡ଼ିବାରୁ ଜ୍ୱାଳାଜୀ, ମନର ଭାଗ ପଡ଼ିବାରୁ ଛିନ୍ନ ମସ୍ତିକା, ନୟନରୁ ନୟନ ଦେବୀ ହୋଇଛନ୍ତି।

ସେହିପରି ତ୍ରିପୁରାରେ ଜଙ୍ଘ ଖଣ୍ଡ ପଡ଼ିବାରୁ ମାତା ଜୟନ୍ତୀ ଦେବୀ, କୋଲକତାରେ ଡ଼ାହାଣ ପାଦ ଅଙ୍ଗୁଳି ପଡ଼ିବାରୁ କାଳୀ ମନ୍ଦିର, ସହରାନପୁର ନିକଟ ଶିଓ୍ୱାଲିକ୍ ପର୍ବତ ଉପରେ ମସ୍ତକ ଖଣ୍ଡ ପଡ଼ିବାରୁ ଶକୁମ୍ଭରୀ, କୁରୁକ୍ଷେତ୍ରରେ ଗଳାର ଆଭୂଷଣ ପଡ଼ିବାରୁ ଭଦ୍ରକାଳୀ ଶକ୍ତିପୀଠ ତଥା ଶିଓ୍ୱାଲିକ୍ ଗିରିମାଳାରେ ଦେବୀଙ୍କ ମସ୍ତିଷ୍କର ଅଗ୍ରଭାଗ ପଡ଼ିବାରୁ ମନସା ଦେବୀ ଶକ୍ତିପୀଠ ସୃଷ୍ଟି ହେଲା।

ଏହି ଶକ୍ତିପୀଠରେ ମହାଭାରତର ପାଣ୍ଡବ ଭାଇମାନେ ବନବାସ ସମୟରେ ମାତା ମନସା ଦେବୀ ମନ୍ଦିରରେ ଦେବୀଙ୍କୁ ଆରାଧନା କରିଥିଲେ। ପାଣ୍ଡବମାନେ ବନବାସ ସମୟରେ ଭଗବାନ ଶ୍ରୀକୃଷ୍ଣ ମଧ୍ୟ ଏହି ଅଞ୍ଚଳକୁ ଆସିଥିବା ପ୍ରମାଣ ରହିଛି। ତେବେ ପିଞ୍ଜୌର, ସକେତଡ଼ୀ ଓ କାଲକା ଅଞ୍ଚଳରେ ପୁରାତତ୍ତ୍ୱବିତମାନଙ୍କ ଅନୁସନ୍ଧାନରୁ ଏଠାରେ ଯେଉଁ ପ୍ରାଚୀନ ପଦାର୍ଥ ମିଳିଛି, ତାହା ପାଷାଣ ଯୁଗର ବୋଲି କୁହାଯାଉଛି। ଏଥିରୁ ସ୍ପଷ୍ଟ ହେଉଛି ଯେ, ଆଦିମ କାଳରେ ମଧ୍ୟ ଏହି କ୍ଷେତ୍ରରେ ମଣିଷର ଅବସ୍ଥାନ ଥିଲା ଓ ସେ ଦେବୀ ଦେବତାଙ୍କୁ ପୂଜା କରୁଥିଲେ। ଏଣୁ ଏହି ସ୍ଥାନରେ ମାତା ମନସା ଦେବୀଙ୍କ ମନ୍ଦିର ବିଦ୍ୟମାନ ଥିବା ଜଣା ପଡୁଛି।

ବର୍ଷର ବିଭିନ୍ନ ସମୟରେ ମାତା ମନସା ଦେବୀଙ୍କ ମନ୍ଦିରରେ ଭକ୍ତ ଓ ଶ୍ରଦ୍ଧାଳୁଙ୍କ ଗହଳି ଲାଗି ରହିଥାଏ। ମାତା ମନସା ଦେବୀଙ୍କ ମନ୍ଦିରର ଅପରୂପ ଶୋଭା ଦେଖିବା ଭଳି ହୋଇଥାଏ। ଏଥିପାଇଁ ଲକ୍ଷ ଲକ୍ଷ ଭକ୍ତ ଓ ଶ୍ରଦ୍ଧାଳୁ ମୁଖ୍ୟତଃ ମାତା ମନସା ଦେବୀଙ୍କୁ ପୂଜା କରିବାକୁ ଆସିଥାନ୍ତି। ଏଠାକାର ପୂଜାବିଧିର ପ୍ରତ୍ୟେକ କାର୍ଯ୍ୟକ୍ରମ ଖୁବ୍ ଆନନ୍ଦଦାୟକ ଓ ମନୋରମ।

# ଆଜାଦ୍ ହିନ୍ଦ୍‌ର ଅଦମ୍ୟ ନେତା : ସୁଭାଷ ଚନ୍ଦ୍ର

୨୩ ଜାନୁୟାରୀ, ୧୮୯୭ରେ ଓଡିଶାର ତତ୍କାଳୀନ ରାଜଧାନୀ କଟକସ୍ଥିତ ଓଡିଆବଜାରରେ ଭାରତର ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ତଥା ପ୍ରତିଜ୍ଞା ପୁରୁଷ ସୁଭାଷ ଚନ୍ଦ୍ର ବୋଷଙ୍କ ଜନ୍ମ । ତାଙ୍କ ପିତାଙ୍କ ନାମ ଜାନକୀନାଥ ବୋଷ ଓ ମାତାଙ୍କ ନାମ ପ୍ରଭାବତୀ ଦେବୀ । ତାଙ୍କୁ ୫ ବର୍ଷ ବୟସରେ ୧୯୦୨ରେ ପାଦ୍ରୀମାନଙ୍କ ଦ୍ୱାରା ପରିଚାଳିତ ପ୍ରାଥମିକ ସ୍କୁଲରୁ ସେ ପ୍ରାଥମିକ ଶିକ୍ଷାରମ୍ଭ କରିବା ପରେ ୧୯୦୯ରେ ରେଭେନ୍‌ସା କଲିଜିଏଟ୍ ସ୍କୁଲରେ ୪ର୍ଥ ଶ୍ରେଣୀରେ ନାମ ଲେଖାଇଥିଲେ । ***"ପିତାଃ ସ୍ୱର୍ଗ, ପିତା ଧର୍ମ, ପିତା ହିଁ ପରମ ତପଃ/ପିତରି ପ୍ରୀତିମାପନ୍ନେ ପ୍ରିୟନ୍ତେ ସର୍ବ ଦେବତାଃ ।"*** ପିଲାଦିନେ ଶିଖିଥିବା ଉପରୋକ୍ତ ଶ୍ଳୋକଟି ସେ ସମୟରେ ସୁଭାଷ ବୋଷଙ୍କୁ ବିଶେଷ ଭାବେ ପ୍ରଭାବିତ କରିଥିଲା । ଏଥିରୁ ମାତାଙ୍କ ଅପେକ୍ଷା ପିତାଙ୍କ ମହତ୍ୱ ବେଶୀ ବୋଲି ସେ ହୃଦୟଙ୍ଗମ କରିବା ସହ ଭବିଷ୍ୟତ ଜୀବନରେ ତାଙ୍କ ପିତାଙ୍କ ଆଦର୍ଶରେ ଅନୁପ୍ରାଣୀତ ହୋଇ ଶେଷରେ ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀର ଆଖ୍ୟା ଅର୍ଜନ କରିପାରିଥିଲେ । ଆଧ୍ୟାତ୍ମିକ ଶିକ୍ଷା ପ୍ରତି ମଧ୍ୟ ପିଲାଟିଦିନରୁ ବିଶେଷ ଦୁର୍ବଳତା ଥିଲା ତାଙ୍କର । ତେଣୁ ସ୍ୱାମୀ ବିବେକାନନ୍ଦଙ୍କ ଲିଖିତ କେତୋଟି ପୁସ୍ତକ ପଢି ସେଥିରୁ ହୃଦୟଙ୍ଗମ କଲେ ଯେ - 'ଆତ୍ମନୋ ମୋକ୍ଷାର୍ଥମ୍ ଜଗଦ୍ଧିତାୟ' ହିଁ ମନୁଷ୍ୟ ଜୀବନର ଲକ୍ଷ୍ୟ ହେବା ଉଚିତ୍ । ଅର୍ଥାତ୍ ନିଜ ଆତ୍ମାର ମୋକ୍ଷଲାଭ ତଥା ଜଗତର ହିତ ସାଧନ ନିମନ୍ତେ ମନୁଷ୍ୟ କର୍ମପ୍ରବଣ ହେବା ଉଚିତ୍ । କାରଣ ଜଗତର ହିତ ସାଧନ ମଧ୍ୟରେ ମାନବ ଜାତିର ହିତ ଅନ୍ତର୍ଭୁକ୍ତ । ପୁନଶ୍ଚ ମାନବ ଜାତିର ସେବା ମଧ୍ୟରେ ଦେଶ ସେବା ମଧ୍ୟ ନିହିତ । ଏସବୁ କଥା ସେ ଯେତେବେଳେ ଚିନ୍ତା କରୁଥିଲେ, ତାଙ୍କୁ ସେତେବେଳେ ମାତ୍ର ୧୫ ବର୍ଷ ବୟସ ହୋଇଥିଲା। ପୁନଶ୍ଚ ସେ ସ୍ୱାମୀ ବିବେକାନନ୍ଦଙ୍କ ଗୁରୁ ଶ୍ରୀ ଶ୍ରୀ ରାମକୃଷ୍ଣ ପରମହଂସ ଦେବଙ୍କ ଲିଖିତ କାବ୍ୟସବୁ ପାଠ କରିବା ସହିତ ବ୍ରହ୍ମଚର୍ଯ୍ୟ, ଧ୍ୟାନଯୋଗ, ହଠଯୋଗ ଓ ରାଜଯୋଗ ବିଷୟକ ବହିସବୁ ମଧ୍ୟ ପଢିଥିଲେ । ଲିଙ୍ଗ ନିୟନ୍ତ୍ରଣ ପାଇଁ ବ୍ରହ୍ମଚର୍ଯ୍ୟ, କାୟା ନିୟନ୍ତ୍ରଣ ପାଇଁ ହଠଯୋଗ ଓ ମନ ନିୟନ୍ତ୍ରଣ ପାଇଁ ରାଜଯୋଗ ଉଦ୍ଦିଷ୍ଟ । ସେ ସେଗୁଡିକୁ ବାସ୍ତବ କ୍ଷେତ୍ରରେ ସାଧନ କରିବାକୁ ଆରମ୍ଭ କଲେ । ଏସବୁ ଚିନ୍ତା, ଚର୍ଚ୍ଚା ଓ ଉଦ୍ୟମ ଫଳରେ ତାଙ୍କର ଅସଲ ପାଠ କ୍ଷତିଗ୍ରସ୍ତ ହୋଇଥିଲା । ପାଠପଢାରେ ପ୍ରବଳ ତ୍ରୁଟି ଓ ଅବହେଳା ସତ୍ତ୍ୱେ ୧୯୧୩ରେ ହୋଇଥିବା ଏନ୍‌ଟ୍ରାନ୍‌ସ ପରୀକ୍ଷାରେ ସମଗ୍ର ଆସାମ, ବିହାର ଓ ଓଡିଶାରେ ସେ ୨ୟ ସ୍ଥାନ ଲାଭ କରବା ସହ ଉତୀର୍ଣ୍ଣ ହୋଇ ଓଡିଶାରେ ବ୍ୟାପିଥିବା ବିସୂଚିକା ଓ ବସନ୍ତ ରୋଗୀଙ୍କ ସେବାରେ ନିଜକୁ ନିୟୋଜିତ କରିଥିଲେ । ସୁଭାଷ ବୋଷ ସୁଦୂର କଲିକତାରୁ ଆଇ.ଏ ପଢି ୧୯୧୫ରେ ୧ମ ଶ୍ରେଣୀରେ ଉତୀର୍ଣ୍ଣ ହୋଇଥିଲେ ମଧ୍ୟ ୧ମ ଶ୍ରେଣୀ ନାମ ତାଲିକାରେ ତାଙ୍କର ନାମ ବହୁ ନିମ୍ନରେ ଥିବା ଦେଖି ସେ ଦୁଃଖିତ ହୋଇଥିଲେ । ବି.ଏ ପଢୁଥିବା ସମୟରେ ଛାତ୍ର ଆନ୍ଦୋଳନରେ ଯୋଗଦେଇ ଦଣ୍ଡାଦେଶ ଫଳରେ ତାଙ୍କର ୨ବର୍ଷ ନଷ୍ଟ ହୋଇଥିଲା । ଯାହାହେଉ ୧୯୧୯ରେ ସେ ଦର୍ଶନଶାସ୍ତ୍ରରେ ଅନର୍ସ ସହ ୧ମ ଶ୍ରେଣୀରେ ୨ୟ ସ୍ଥାନ ପାଇ ସଫଳତାର ସହ ଉତୀର୍ଣ୍ଣ ହୋଇଥିଲେ । ଏହାପରେ ଆଇ. ସି.ଏସ୍ ପଢିବା ପାଇଁ ସେ ବିଲାତ ଯାଇଥିଲେ। ୧୯୨୦ରେ ଉକ୍ତ ପରୀକ୍ଷା ଦେଇ ସୁଭାଷ ବୋଷ ୪ର୍ଥ ସ୍ଥାନ ଲାଭ କରିଥିଲେ । କିନ୍ତୁ ସ୍ୱଦେଶବତ୍ସଳ ଜାତିଗତପ୍ରାଣ ସୁଭାଷ ଚନ୍ଦ୍ର ବୋଷ ଦେଶୋଦ୍ଧାରକୁ ପରମ କର୍ତବ୍ୟ ମନେକରି ଇଣ୍ଡିଆନ୍ ସିଭିଲି ସର୍ଭିସ୍‌ର ପରମ ସୌଭାଗ୍ୟକୁ ପ୍ରତ୍ୟାଖ୍ୟାନ କରିଥିଲେ । ଭାରତର ସ୍ୱାଧୀନତା ସଂଗ୍ରାମରେ ଯେଉଁ କେତେ ଜଣ ଯୁବକଙ୍କର ଭୂମିକା ଥିଲା ଉଲ୍ଲେଖଯୋଗ୍ୟ, ସେମାନଙ୍କ ମଧ୍ୟରୁ ସଂଗ୍ରାମୀ ଯୁବକ ସୁଭାଷ ବୋଷଙ୍କ ଭଳି ବ୍ୟକ୍ତିତ୍ୱର ଉନ୍ମେଷ ଘଟିଥିଲା ସେହି ସମୟରେ । ମହାତ୍ମା ଗାନ୍ଧି ସେତିକିବେଳେ ଭାରତରେ ସ୍ୱାଧୀନତା ଲାଭ ପାଇଁ ଅସହଯୋଗ ଆନ୍ଦୋଳନ କରିବାକୁ ପ୍ରସ୍ତାବ ରଖିଥାନ୍ତି । ଏହା ଭାରତୀୟ ଜାତୀୟ କଂଗ୍ରେସ ଦ୍ୱାରା ଗୃହୀତ ହୋଇଥାଏ । ସୁଭାଷ ବୋଷ ବିଲାତରୁ ଭାରତ ଅଭିମୁଖେ ଯାତ୍ରା କରି ୧୯୨୧, ଅପ୍ରେଲ୍ ୧୬ରେ ମୁମ୍ବାଇରେ ପହଂଚି ସିଧାସଳଖ ଗାନ୍ଧିଜୀଙ୍କ ସହ ସାକ୍ଷାତ କରିଥିଲେ । ତାଙ୍କ ନିର୍ଦ୍ଦେଶରେ ସେ କଲିକତା ଯାଇ ସେଠାରେ ଦେଶବନ୍ଧୁ ଚିତରଂଜନ ଦାସଙ୍କ ନେତୃତ୍ୱରେ ଦେଶ କାମରେ ଯୋଗ ଦେଇଥିଲେ । ସେହି ସମୟରେ ଗାନ୍ଧିଜୀ ଅସହଯୋଗ ଆନ୍ଦୋଳନ ଆରମ୍ଭ କରିବାରୁ ଚିତରଂଜନ ଦାସଙ୍କ ନେତୃତ୍ୱରେ ସୁଭାଷ ବୋଷ ଉକ୍ତ ଆନ୍ଦୋଳନରେ ଯୋଗଦେଇ ଜେଲ୍ ଯାଇଥିଲେ । ପରେ ସୁଭାଷ ବୋଷ କଲିକତା କର୍ପୋରେସନ୍‌କୁ ନିର୍ବାଚିତ ହୋଇ ଚିଫ୍ ଏଗ୍‌ଜିକ୍ୟୁଟିଭ୍ ଅଫିସର୍ ପଦରେ ଅଧିଷ୍ଠିତ ହେଲାବେଳେ ତାଙ୍କୁ ସେତେବେଳେ ମାତ୍ର ୨୭ ବର୍ଷ । ତେଣୁ ଇଂରେଜ ବିରୋଧୀ ସନ୍ତ୍ରାସବାଦୀମାନଙ୍କ ସହ ସୁଭାଷ ବୋଷଙ୍କର ସଂପର୍କ ରହିଛି ବୋଲି ସଂଦେହ କରି ସରକାର ତାଙ୍କୁ ଗିରଫ କରି ବର୍ମାର ମାଣ୍ଡାଲେ ଜେଲ୍‌କୁ ପଠାଇଦେଇଥିଲେ । ସେଠାରେ ତାଙ୍କର ସ୍ୱାସ୍ଥ୍ୟରେ ଗୁରୁତର ଅବନ୍ନତି ଘଟିବାରୁ ସରକାର ବାଧ ହୋଇ ତାଙ୍କୁ ୧୯୧୭, ମେ ୨୭ରେ ଜେଲରୁ ମୁକ୍ତ କରିଥିଲେ । ଏହାପରେ ପୁଣି ସୁଭାଷ ବୋଷ ଦେଶ କାମରେ ଲାଗି ପଡିଲେ । ଗାନ୍ଧିଜୀଙ୍କ ନେତୃତ୍ୱରେ ୧୯୩୦ରେ ହୋଇଥିବା ସେ ଲବଣ ସତ୍ୟାଗ୍ରହରେ ଯୋଗଦେଇଥିଲେ । ୧୯୩୮ରେ ସୁଭାଷ ବୋଷ ହରିପୁରଠାରେ ଭାରତୀୟ ଜାତୀୟ କଂଗ୍ରେସର ସଭାପତି ମନୋନୀତ ହୋଇଥିଲେ । ସେ ଚାହୁଁଥିଲେ ବଳ ପ୍ରୟୋଗ ଦ୍ୱାରା ଭାରତ ପାଇଁ ସ୍ୱାଧୀନତା ସଂଭବ, କିନ୍ତୁ ଗାନ୍ଧିଜୀ ଏହାର ସଂପୂର୍ଣ୍ଣ ବିରୋଧୀ ଥିଲେ । ତେଣୁ ସେ ୧୯୩୯ରେ ଗାନ୍ଧିଙ୍କର ନୀତିକୁ ବିରୋଧ କରି କଂଗ୍ରେସର ସଭାପତି ରୂପେ ନିର୍ବାଚିତ ହୋଇଥିଲେ ମଧ୍ୟ ଗାନ୍ଧିବାଦୀମାନଙ୍କ ଚାପରେ ଇସ୍ତଫା ଦେଇ ସେ ଏକ ନୂଆ ଦଳ ଗଠନ କରିଥିଲେ ଓ ଯାହାର ନାଁ 'ଫରୱାର୍ଡ ବ୍ଲକ'।

ଦ୍ୱିତୀୟ ବିଶ୍ୱଯୁଦ୍ଧ ଚାଲିଥିବାବେଳେ ସୁଭାଷ ବୋଷ ୧୯୪୧, ଜାନୁୟାରୀ ୧୬ ନିଶାର୍ଦ୍ଧରେ ଛଦ୍ମବେଶରେ ଭାରତରୁ ଆଫଗାନିସ୍ଥାନ ଯାତ୍ରା କରିଥିଲେ ।




# ଅସାମ୍ବିଧାନିକ ଉପାୟରେ ଜିଗ୍ନେସ୍ ମେୱାନିଙ୍କୁ ଗିରଫ କରିବା ନିନ୍ଦନୀୟ

ଭୁବନେଶ୍ୱର (ପିଏନ୍): ଜିଗ୍ନେସ ମେୱାନିଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫର ପ୍ରତିବାଦ ଓ ତୁରନ୍ତ ଖଲାସ ଦାବିରେ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ଅଧ୍ୟକ୍ଷ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ମାନ୍ୟବର ରାଜ୍ୟପାଳଙ୍କୁ ଏକ ସ୍ମାରକପତ୍ର ପ୍ରଦାନ କରାଯାଇଅଛି । ଶ୍ରୀଯୁକ୍ତ ଜିଗ୍ନେସ ମେୱାନି ଜଣେ ଦକ୍ଷ, ବିଶିଷ୍ଟ ଦଳିତ ନେତା ଓ ବିଧାୟକ ବାଗାଦାମ ବିଧାନସଭା ନିର୍ବାଚନ ମଣ୍ଡଳି (ଗୁଜରାଟ) ଗତ.୨୧.୦୪.୨୦୨୨ତାରିଖ ମଧ୍ୟରାତ୍ରିରେ ଗୁଜୁରାଟର ପାଲାନପୁର ସର୍କିଟ୍ ହାଉସ୍‌ରୁ ଆସାମ ପୋଲିସ୍ ଗିରଫ କରିଛନ୍ତି ବୋଲି ଆମ୍ଭ ନଜରକୁ ଆସିଛି । ନିକଟରେ ବିଜେପି ନେତା ଓ କେନ୍ଦ୍ର ଗୃହମନ୍ତ୍ରୀ ଅମିତ ଶାହ ଅଭିଯୋଗ କରିଛନ୍ତି ଯେ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଜିଗ୍ନେସ ମେୱାନି କରିଥିବା ଟ୍ୱିଟ୍ ଏକ ଅବାସ୍ତବ । ଆସାମର କୋକ୍ରୋଟର ଜିଲ୍ଲାର ଏକ ବିଜେପି ନେତା ଅରୁପ କୁମାର ଦେଙ୍କ ଅଭିଯୋଗ କ୍ରମରେ ଦର୍ଶାଇଛନ୍ତି ଯେ ଜିଗ୍ନେସ ମେୱାନିଙ୍କ ଟ୍ୱିଟ୍‌ଟି କିଛି ଗୋଷ୍ଠୀର ଜନସାଧାରଣଙ୍କ ମଧ୍ୟରେ ଉତେଜନା ସୃଷ୍ଟି କରିବ ଓ ସଂହତିରେ ବାଧା ସୃଷ୍ଟି କରିବ । ଜଣେ ବିଜେପି କର୍ମୀଙ୍କ ଅଭିଯୋଗ କ୍ରମେ ଜଣେ ନିର୍ବାଚିତ ଜନପ୍ରତିନିଧିଙ୍କୁ ଏଭଳି ଭାବରେ ଗିରଫ କରାଯିବା, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଏକ ଟ୍ୱିଟ୍‌କୁ ନେଇ ଆସାମ ମୁଖ୍ୟମନ୍ତ୍ରୀ ହେମନ୍ତ ବିଶ୍ୱକର୍ମାଙ୍କର ସରକାର ଏକ ଭୀରୁ ଏବଂ ପ୍ରତିଶୋଧପରାୟଣ, ବିଜେପି ସରକାର ବୋଲି ମନେହୁଏ । କେହିବି ଦଳିତ, ଆଦିବାସୀ ଓ ବଂଚିତ ବର୍ଗ ପାଇଁ ସ୍ୱର ଉଠାଇଲେ ବିଜେପି ସରକାର ତାଙ୍କର ପ୍ରତିଶୋଧପରାୟଣ ରୂପ ଦେଖାଇଥାନ୍ତି । ନିକଟରେ ଗୁଜରାଟ ପ୍ରଦେଶର ବିଧାନ ସଭା ନିର୍ବାଚନ ପାଖେଇ ଆସୁଥିବାରୁ କେନ୍ଦ୍ର ବିଜେପି ସରକାର, ଗ୍ୟାସ୍, ପେଟ୍ରୋଲ୍, ଡିଜେଲ୍, ସି.ଏନ୍.ଜି. ଓ ଅତ୍ୟାବଶକୀୟ ଦ୍ରବ୍ୟର ଅହେତୁକ ମୂଲ୍ୟ ବୃଦ୍ଧି ଉପରୁ ଜନସାଧାରଣଙ୍କ ନଜର ହଟାଇବା ଓ କୋଭିଡ୍ ମୃତ୍ୟୁଙ୍କୁ ନିୟନ୍ତ୍ରଣ କରିବାରେ ଗୁଜରାଟ ସରକାର ବିଫଳ ଇତ୍ୟାଦିରୁ ନିଜର ବଦନାମକୁ ଲୁଚାଇବା ପାଇଁ କ୍ଷମତାର ଅପବ୍ୟବହାର କରି ଏ ସବୁ ହୀନ ଚକ୍ରାନ୍ତ କରୁଛନ୍ତି । ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଜିଗ୍ନେସଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫ କରାଯାଇଥିବାରୁ ଏ ଘଟଣାର ତିବ୍ର ନିନ୍ଦା କରାଯିବା ସହିତ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି, ଗୃହମନ୍ତ୍ରୀ ଅମିତ ଶାହ, ଓ ଆସାମ ମୁଖ୍ୟମନ୍ତ୍ରୀ ହେମ' ବିଶ୍ୱଶର୍ମା, ଜିଗ୍ନେସଙ୍କୁ ଲିଖିତ ଆକାରେ କ୍ଷମା ମାଗିବା ସହିତ ତାଙ୍କୁ ଖଲାସ କରି, ତାଙ୍କର ଗୁଜରାଟ ପ୍ରଦେଶର ଗୃହକୁ ପଠାଇବାର ସୁବନ୍ଦୋବସ୍ତ କରିବା ପାଇଁ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଦାବ କରାଯାଇଅଛି । ଅଖିଳ ଭାରତୀୟ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗର ଓ ରାଜ୍ୟ ଅଧ୍ୟକ୍ଷ ଶ୍ରୀ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଏହି ପ୍ରତିନିଧି ମଣ୍ଡଳୀରେ କଂଗ୍ରେସ ଅନୁସୂଚିତ ଜାତି ବିଭାଗର କର୍ମକର୍ତା ସନ୍ତୋଷ କୁମ୍ଭାର, ମାନସ ମଲ୍ଲିକ,ଜାନକି ମଲ୍ଲିକ, ତାପସ ସେଠି ଓ ଜୟନ୍ତ କୁମାର ଭୋଇ ପ୍ରମୁଖ ମାନ୍ୟବର ରାଜ୍ୟପାଳଙ୍କୁ ସ୍ମାରକପତ୍ର ପ୍ରଦାନ କରିଥିଲେ ।

# ଉଜ୍ଜ୍ୱଳ ତାରକାର ଦୁଃଖଦ ଅବସାନ

ଭୁବନେଶ୍ୱର (ପିଏନ୍): ବିଶିଷ୍ଟ ଯୁବ ବୈଜ୍ଞାନିକ ତଥା ଗବେଷକ ଡାକ୍ତର ସୁଜିତ କୁମାର ମହାନ୍ତି ଦୀର୍ଘଦିନ ଧରି ଫୁସ୍‌ଫୁସ୍ ଜନିତ କ୍ୟାନସର୍ ରୋଗରେ ଆକ୍ରାନ୍ତ ହୋଇ ଗତ ଅପ୍ରେଲ ୮ ତାରିଖ ରାତିରେ ଏକ ଘରୋଇ ହସ୍ପିଟାଲ୍‌ରେ ଇହଲୀଳା ସମ୍ବରଣ କରିଛନ୍ତି । ଡକ୍ଟର ସୁଜିତ ମହାନ୍ତି ହେଉଛନ୍ତି ବିଶିଷ୍ଟ ଆଇନଜୀବୀ ତଥା ସମାଜସେବୀ ସୁଧୀର ମହାନ୍ତିଙ୍କ ଦ୍ୱିତୀୟ ପୁତ୍ର । ସୁଜିତ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟରୁ କୃତିତ୍ୱର ସହ ବାୟୋ-ଟେକ୍ନୋଲୋଜିରେ ପାସ୍ କରିବା ପରେ ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ କେମିକାଲ୍ ଟେକ୍ନୋଲୋଜି, ହାଇଦ୍ରାବାଦରେ ଅଧ୍ୟୟନ କରି ସେଠାରେ ପ୍ରଥମ ଶ୍ରେଣୀରେ ପ୍ରଥମ ହୋଇ ପାସ୍ କରିଥିଲେ । ତା'ପରେ ସେ ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ସାଇନ୍‌ସ, ବାଙ୍ଗାଲୋରରେ ପଢୁଥିବା ସମୟରେ ବିଭିନ୍ନ ବୈଜ୍ଞାନିକମାନଙ୍କ ଦ୍ୱାରା ଅନୁପ୍ରାଣିତ ହୋଇ ସମ୍ପୂର୍ଣ୍ଣ ଛାତ୍ରବୃତ୍ତି ପାଇ ଉଚ୍ଚଶିକ୍ଷା ହାସଲ କରିବାକୁ ଆମେରିକା ଯାଇଥିଲେ । ସେଠାରେ ଆଇ.ଓ.ଡବ୍ଲ୍ୟୁ.ଏ. ୟୁନିଭରସିଟିରେ ବାୟୋକେମିକାଲ୍ ଇଞ୍ଜିନିୟରିଂରେ ପାସ୍ କରିବା ସଙ୍ଗେସଙ୍ଗେ ପି.ଏଚ୍‌ଡି. ହାସଲ କରିଥିଲେ । ଏହାପରେ ଏକ ବେସରକାରୀ କମ୍ପାନୀରେ କାମ କରି ଗବେଷଣା କରିଥିଲେ । ତାପରେ ପୋଷ୍ଟ ଡକ୍ଟରେଟ୍ କରିବା ସମୟରେ ଆମେରିକାର ବିଶିଷ୍ଟ ଓଡ଼ିଆ ଶିଳ୍ପପତି ଡାକ୍ତର ଶୀତିକଣ୍ଠ ଦାସଙ୍କ ଦ୍ୱାରା ଅନୁପ୍ରାଣିତ ହୋଇ ନିଜ ରାଜ୍ୟରେ ଶିଳ୍ପର ବିକାଶ ପାଇଁ କାର୍ଯ୍ୟ କରିବା ପାଇଁ ୨୦୧୯ ମସିହାରେ ଓଡ଼ିଶା ଫେରି ଆସିଥିଲେ । ଭୁବନେଶ୍ୱରରେ ସ୍ୱାଲୋକମ ବାଇଅଭେଞ୍ଚର୍ କମ୍ପାନୀ ଗଠନ କରି କାର୍ଯ୍ୟ ଆରମ୍ଭ କରିବା ସମୟରେ ଦୁଇଥର କୋରୋନାରେ ଆକ୍ରାନ୍ତ ହୋଇଥିଲେ । ଆରୋଗ୍ୟ ଲାଭ କରିଥିଲେ ମଧ୍ୟ ପରବର୍ତ୍ତୀ ପର୍ଯ୍ୟାୟରେ କ୍ୟାନ୍‌ସର୍‌ରେ ଆକ୍ରାନ୍ତ ହୋଇଥିଲେ । ଟାଟା ମେମୋରିଆଲ୍ ହସ୍ପିଟାଲ୍‌ରେ ଚିକିତ୍ସିତ ହୋଇଥିଲେ ମଧ୍ୟ ତାଙ୍କର ସ୍ୱାସ୍ଥ୍ୟାବସ୍ଥାରେ ବିଶେଷ ଅଗ୍ରଗତି ପରିଲକ୍ଷିତ ହୋଇ ନଥିଲା । ଭୁବନେଶ୍ୱରରେ ସମ୍ ହସ୍ପିଟାଲ୍‌ରେ ଚିକିତ୍ସିତ ଅବସ୍ଥାରେ ତାଙ୍କର ଦେହାନ୍ତ ହୋଇଥିଲା । ମୃତ୍ୟୁଶଯ୍ୟା ନିକଟରେ ତାଙ୍କ ମାତା ରଞ୍ଜିତା ମହାନ୍ତି, ବଡ଼ଭାଇ ଡାକ୍ତର ସୁବ୍ରତ ମହାନ୍ତି, ଭାଉଜ ଲଭଲିନ୍ ମହାନ୍ତି, ସାନଭାଇ ଡକ୍ଟର ସନ୍ଦୀପ ମହାନ୍ତି, ଭାଇବୋହୂ ଡଃ ପ୍ରିୟଙ୍କା ମହାନ୍ତି ଉପସ୍ଥିତ ଥିଲେ ।

## ଲେଖକ ସମବାୟ ସମିତିର ରାଜ୍ୟସ୍ତରୀୟ କବିତା ପାଠ

ଆନନ୍ଦପୁର (ପିଏନ୍): ଆନନ୍ଦପୁର ଲେଖକ ସମବାୟ ସମିତିର ଦଶମ ବାର୍ଷିକ ସାରସ୍ୱତ ସମାରୋହ ଅବସରରେ ଏକ କବିତା ପାଠ ଉତ୍ସବ ଅନୁଷ୍ଠିତ ହୋଇଯାଇଛି । ଏହି ସମାରୋହର ପ୍ରଥର ପର୍ଯ୍ୟାୟରେ ଅନୁଷ୍ଠିତ ଆସରକୁ ଓଡିଶା ସଙ୍ଗୀତ ନାଟକ ଏକାଡେମୀ ପୁରସ୍କାରପ୍ରାପ୍ତ ପାଲାକାର ଗୋବିନ୍ଦ ଚନ୍ଦ୍ର ପାଣିଗ୍ରାହୀ ପ୍ରଦୀପ ପ୍ରଜ୍ୱଳନ କରି ଉଦଘାଟନ କରିଥିଲେ । ମ ।ସୀନ ଅତିଥି ମାନଙ୍କ ମଧ୍ୟରେ ଅନ୍ୱେସା ସାହିତ୍ୟ ସଂସଦର ସଭାପତି ସୁରେନ୍ଦ୍ର କୁମାର ବେହେରା, କୁଶଳେଶ୍ୱର ସାହିତ୍ୟ ସଂସଦର ଉପସଭାପତି ମଙ୍ଗୁଳି ଚରଣ ପୃଷ୍ଟି, ସମ୍ବାଦ ସାହିତ୍ୟ ଘର ହାଟଡିହୀର ସଭାପତି ଅନ୍ତର୍ଯ୍ୟାମୀ ରାଉତ ଏବଂ ବଉଳା ସାହିତ୍ୟ ସଂସଦର କର୍ମକର୍ତ୍ତା ଅଧ୍ୟାପକ ସୁବାସ ପାତ୍ର, ଶ୍ରୀକାନ୍ତ ପଟ୍ଟନାୟକ ପ୍ରମୁଖ ଯୋଗଦେଇ ସାହିତ୍ୟରେ କବିତାର ଭୂମିକା ସମ୍ପର୍କରେ ଆଲୋକପାତ କରିଥିଲେ । ରତ୍ନାକର ଦାସଙ୍କ ସଂଯୋଜନାରେ ଆୟୋଜିତ ଏହି ଭବ୍ୟ କବିତା ପାଠରେ ଯାଜପୁର, ଭଦ୍ରକ, କଟକ, ବାଲେଶ୍ୱର ଓ ମୟୂରଭଞ୍ଜ ଅଂଚଳର କବିମାନେ ସେମାନଙ୍କର ସ୍ୱରଚିତ କବିତା ଆବୃତି କରିଥିଲେ । ଆନନ୍ଦପୁର ଅଂଚଳର କବିମାନଙ୍କ ମଧ୍ୟରେ ଧୂମକେତୁ ଦାସ, ଅର୍ଜୁନ ବେହେରା, ମୁରଲୀଧର ବେହେରା, ଉମାକାନ୍ତ ଜେନା, ନରହରି ରାଉତ, ବନମାଳୀ ଜେନା, ଅଭୟ ସାମଲ, ବାମନ ବେହେରା, ସୁଦାମ ଚରଣ ଜେନା, ସୁରେନ୍ଦ୍ର କୁମାର ପରିଡ଼ା, ଦଶରଥ ସାହୁ, ରାମଚନ୍ଦ୍ର ଜେନା, ନିରନ ସାହୁ, ଗୋବର୍ଦ୍ଧନ ନାୟକ, ବୈଲୋଚନ ସାହୁ, ଜ୍ୟୋସ୍ନା ଦାସ, ମାଳତୀ ପଣ୍ଡା, କୀର୍ତ୍ତନ ସାହୁ, ରଘୁନାଥ ପଣ୍ଡିତ ପ୍ରମୁଖ କବିମାନେ କବିତା ଆବୃତ୍ତି କରିଥିଲେ । ପ୍ରଥମରେ ଛାତ୍ରୀ ସୁଦେସ୍ନା ସାହୁ ଆବାହନୀ ସଙ୍ଗୀତ ଗାନ କରିଥିଲେ ଓ ଅନୀଲ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ ।

# ରାଉରକେଲା ସ୍ୱରେଜ୍ ପ୍ରକଳ୍ପରେ ଦୁର୍ନୀତି ଓ ଅନିୟମିତତା ନେଇ ଏଡିଏମ୍‌ଙ୍କୁ ସାକ୍ଷାତ କଲା ଜିଲ୍ଲା କଂଗ୍ରେସ

ରାଉରକେଲା (ପିଏନ୍): ରାଉରକେଲା ସ୍ୱରେଜ୍ ପ୍ଲାଣ୍ଟ ପ୍ରକଳ୍ପରେ ହୋଇଥିବା ବ୍ୟାପକ ଦୁର୍ନୀତି, ଅନିୟମିତତା ତଥା ବୋର୍ଡ କର୍ତ୍ତୃପକ୍ଷଙ୍କ ତରଫରୁ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀ ବେଆଇନ୍ ଭାବେ ଯୋଗାଇ ଦିଆଯାଉଥିବା ସୁବିଧା ସମ୍ପର୍କରେ ଜିଲ୍ଲା କଂଗ୍ରେସ ତରଫରୁ ରାଉରକେଲା ଅତିରିକ୍ତ ଜିଲ୍ଲାପାଳ ତଥା ମହାନଗର ନିଗମର କମିଶନର ଡ.ଶୁଭଙ୍କର ମହାପାତ୍ରଙ୍କୁ ସାକ୍ଷାତ କରି ସମସ୍ତ ବିଷୟ ଅବଗତ କରାଯାଇଛି । ପ୍ରାୟ ୩୪୮ କୋଟି ଟଙ୍କା ବ୍ୟୟ ମୁରୀରେ ଗତ ୨୦୧୭ ମସିହାରେ ଏହି ପ୍ରକଳ୍ପ କାର୍ଯ୍ୟ ଆରମ୍ଭ କରାଯାଇ ୨୦୨୦ ଜାନୁୟାରୀ ସୁଦ୍ଧା କାର୍ଯ୍ୟ ସାରିବା ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲେ ହେଁ ଅଦ୍ୟାବଧି ତାହା ସମ୍ପୂର୍ଣ୍ଣ ହୋଇ ନାହିଁ । ଯେଉଁ କାର୍ଯ୍ୟ ହାତକୁ ନିଆଯାଇଛି ସେଥିରୁ ବର୍ତ୍ତମାନ ସୁଦ୍ଧା ୨୦ ପ୍ରତିଶତ ବାକି ଥିବାବେଳେ ଯେଉଁ କାମ କରାଯାଇଛି ତାହା ଅତ୍ୟ' ନିମ୍ନମାନର ହୋଇଥିବାରୁ ତାହା ସହରବାସୀଙ୍କ ପାଇଁ ସର୍ବଦା ସମସ୍ୟା ସୃଷ୍ଟି କରୁଛି ବୋଲି କଂଗ୍ରେସ ନେତୃବୃନ୍ଦ ଅତିରିକ୍ତ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି । ଏହି ଅବସରରେ ଅତିରିକ୍ତ ଜିଲ୍ଲାପାଳଙ୍କୁ ପ୍ରଦତ୍ତ ଏକ ସ୍ମାରକପତ୍ରରେ କୁହାଯାଇଛି ଯେ, ମୁଖ୍ୟମାର୍ଗର ତାରିଣୀ ମନ୍ଦର ଠାରୁ ରଘୁନାଥପାଲ୍ଲୀ ଥାନା ପର୍ଯ୍ୟ' ଓ ଏସ୍‌ଟିଆଇ ଓଭରବ୍ରିଜ ଠାରୁ ବିରଜାପାଲ୍ଲୀ ଓଭର ବ୍ରିଜ୍ ପର୍ଯ୍ୟ' ସ୍ୱରେଜ୍ ପାଇପ୍ ବିଛାଯାଇ ନାହିଁ । ସେହିପରି ଛେଣ୍ଡ ଭିଏସ୍‌ଏସ୍ ମାର୍କେଟ ଛକଠାରୁ ବିଏସ୍‌ଏନ୍‌ଏଲ ଛକ ପର୍ଯ୍ୟ' ଉଭୟ ପାର୍ଶ୍ୱରେ ମଧ୍ୟ ପାଇପ୍ ବିଛାଯାଇ ନାହିଁ । ମୂଳ ଡ୍ରଇଁରେ ପାଇପ୍ ବିଛାଇବା ବ୍ୟବସ୍ଥା ଥିଲେ ହେଁ କାହିଁକି ଏଠାରେ ପାଇପ୍ ବିଛାଯାଇ ନାହିଁ ଓ ଏ ବାବଦ ଅର୍ଥ କୁଆଡେ ଗଲା ତାହା ଅନୁଧ୍ୟାନ କରିବାକୁ ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସେହିପରି ଯେଉଁ ପାଇପ୍ ବିଛା କାର୍ଯ୍ୟ କରାଯାଇଛି ଏଥିରେ ଆବଶ୍ୟକୀୟ ଗ୍ରାନାଇଟ୍ ପଥର ଚିପ୍‌ସ ଓ ଆବଶ୍ୟକୀୟ ବାଲି ଭର୍ତ୍ତି କରାଯାଇନଥିବାରୁ ବିଭିନ୍ନ ସ୍ଥାନରେ ରାସ୍ତା ଦବିଯାଉଥିବା ଦେଖାଯାଉଛି । ଯାହାର ଉଦାହରଣ ହେଉଛି ଜୋଲ୍ ରୋଡ୍, ଛେଣ୍ଡ ମୁଖ୍ୟମାର୍ଗ, ଆଇଟିଆଇ କଳିଙ୍ଗ ବିହାର ରାସ୍ତା, ବାସ'1 ପାଣି ଟାଙ୍କି ରାସ୍ତା ଇତ୍ୟାଦି । ଅତ୍ୟ' ନିମ୍ନମାନର କାର୍ଯ୍ୟ କରାଯାଇ ପାଇପ୍ ଲାଇନର ମେନ୍ ହୋଲ ନିର୍ମାଣ କରାଯାଇଥିବାରୁ ସେଗୁଡିକ କେଉଁଠି ରାସ୍ତା ଉପରେ ତ ଆଉ କେଉଁଠି ରାସ୍ତା ତଳେ ରହିଛି । ଫଳରେ ପ୍ରତିଦିନ ଛୋଟବଡ ଦୁର୍ଘଟଣାର କାରଣ ସାଜୁଛି । ପାଇପ୍ ବିଛା କାର୍ଯ୍ୟ ପରେ ରାସ୍ତା ନିର୍ମାଣ କରି ୫ ବର୍ଷ ପାଇଁ ମରାମତି ଓ ରକ୍ଷଣାବେକ୍ଷଣର ଦାୟିତ୍ୱ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀର ହୋଇଥିବା ବେଳେ ସମ୍ପ୍ରତି ଦବିଯାଉଥିବା ଓ ଭୁଷୁଡି ପଡୁଥିବା ରାସ୍ତାଗୁଡିକୁ କାହିଁକି ଆର୍‌ଏମ୍‌ସି ନିର୍ମାଣ କରୁଛି ବୋଲି ଦଳ ତରଫରୁ ପ୍ରଶ୍ନ କରାଯାଇ ଏହାର ଅନଧ୍ୟାନ କରିବାକୁ ଅତିରିକ୍ତ ଜିଲ୍ଲାପାଳଙ୍କୁ ଅନୁରୋଧ କରାଯାଇଛି । ଛେଣ୍ଡ ବାଗୁଡି ବସ୍ତି ଓ ବ୍ୟାଙ୍କ କଲୋନୀରେ ସ୍ୱରେଜ୍ ପାଇପ୍ ବିଛାଇବା ପାଇଁ ମୂଳ ଡ୍ରଇଁରେ ବ୍ୟବସ୍ଥା ନଥିବା ବେଳେ ଏ ଅ ଳରେ ପ୍ରାୟ ୩୦ ଲକ୍ଷ ଟଙ୍କାର ପାଇପ୍ ବିଛାଯାଇ ପରିତ୍ୟକ୍ତ ଅବସ୍ଥାରେ ଛାଡି ଦିଆଯାଇଛି । ଏହି ପାଇପ୍ ଲାଇନ୍‌କୁ କୌଣସି ମୁଖ୍ୟ ପାଇପ୍ ଲାଇନ୍ ସହିତ ସଂଯୋଗ କରାଯାଇନଥିବାରୁ ଏହି ପାଇପ୍ ବିଛା କାର୍ଯ୍ୟ ନଷ୍ଟ ହେବା ସହିତ ଏ ବାବଦରେ ବୋର୍ଡର ବିପୁଳ ଅର୍ଥ ନଷ୍ଟ ହେବାକୁ ଯାଉଥିବା ଏହାର ଆବଶ୍ୟକୀୟ ଅନୁଧ୍ୟାନ ପାଇଁ ଅନୁରୋଧ କରାଯାଇଛି । ଅପରପକ୍ଷରେ ଉକ୍ତ ଅ ଳରେ ପାଇପ୍ ବିଛା ବାବଦକୁ ଗୁଡାଏ ମିଥ୍ୟା ବିଲ୍ ପ୍ରସ୍ତୁତ କରାଯାଇ ଲକ୍ଷ ଲକ୍ଷ ଟଙ୍କା ଆତ୍ମସାତ୍ କରାଯାଇଥିବା କଂଗ୍ରେସ ତରଫରୁ ଅଭିଯୋଗ କରାଯାଇଛି । ପ୍ରତ୍ୟେକ ବାସଗୃହକୁ ସ୍ୱରେଜ୍ ସଯୋଗୀକରଣ ପାଇଁ ସରକାର କିଛି ନିର୍ଦ୍ଦେଶନାମା ଜାରି କରିନଥିବା ବେଳେ ସ୍ଥାନୀୟ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ତାଙ୍କର କିଛି ପୋଷା ଠିକାଦାର ମାଧ୍ୟମରେ ବେଆଇନ୍ ଭାବେ ସ୍ୱରେଜ୍ ସଂଯୋଗୀକରଣ ପାଇଁ ଘର ପିଛା ୨୫ରୁ ୪୦ ହଜାର ଟଙ୍କା ଆଦାୟ କରୁଛନ୍ତି । ତେଣୁ ଏହା ମଧ୍ୟ ଅନୁଧ୍ୟାନ ସାପେକ୍ଷ ବୋଲି କଂଗ୍ରେସ ତରଫରୁ କୁହାଯାଇଛି । ସେହିପରି ବୋର୍ଡ କର୍ତ୍ତୃପକ୍ଷଙ୍କ ଦ୍ୱାରା ନିର୍ମିତ ସ୍ୱରେଜ୍ ଟ୍ରିଟ୍‌ମେଣ୍ଟ ପ୍ଲାଣ୍ଟ ପରିସରରେ ଏଲ୍‌ଆଣ୍ଡଟି କମ୍ପାନୀ ୨ ବର୍ଷ ହେଲା ନିଜ କାର୍ଯ୍ୟାଳୟ ଚଲାଉଥିବା ବେଳେ ୨ଟି କୋଠାକୁ ତାର କର୍ମଚାରୀଙ୍କ ପାଇଁ ଅତିଥି ଭବନ ଭାବେ ବ୍ୟବହାର କରୁଛ । ଏହାର ଭଡା ବାବଦକୁ ଟଙ୍କାଟିଏ ଏଲ୍‌ଆଣ୍ଡଟି କମ୍ପାନୀର ବିଲ୍‌ରୁ କଟାଯାଉନଥିବା ବେଳେ କୋଠାରେ ପାଣି ଓ ବିଜୁଳି ବିଲ୍ ବାବଦକୁ ମାସିକ ଲକ୍ଷାଧିକ ଟଙ୍କା ବୋର୍ଡ କର୍ତ୍ତୃପକ୍ଷ ଭରଣା କରୁଛନ୍ତି । ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀ ପ୍ରତି କାହିଁକି ଏପରି ଅହେତୁକ ଅନୁକମ୍ପା ପ୍ରଦର୍ଶନ କରି ସରକାରଙ୍କ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହାନୀ କରୁଛନ୍ତି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ କୁହାଯାଇଛି । ତେବେ ସ୍ୱରେଜ୍ ପ୍ରକଳ୍ପର ନିର୍ମାଣ କାର୍ଯ୍ୟ ତଦାରଖ ପାଇଁ ରାଜ୍ୟ ସରକାର ସିଙ୍ଗାପୁରର ମେନ୍‌ହରଡାଟ୍ ପ୍ରାଇଭେଟ୍ କମ୍ପାନୀକୁ ୩୪ କୋଟି ଟଙ୍କାରେ ଚୁକ୍ତିବଦ୍ଧ କରିଥିବା ବେଳେ ଉକ୍ତ ସଂସ୍ଥା କ'ଣ ତଦାରଖ କରି କି ରିପୋର୍ଟ ଦେଇଛି ଓ କେତେ ଅର୍ଥ ସେ ବାବଦରେ ସରକାରଙ୍କ ଠାରୁ ନେଇଛି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସମ୍ପ୍ରତି କାର୍ଯ୍ୟ ଅଧପ'ରିଆ ଅବସ୍ଥାରେ ଥିବାବେଳେ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀକୁ କାର୍ଯ୍ୟ ସମ୍ପୂର୍ଣ୍ଣ ହେବାର ପ୍ରମାଣପତ୍ର ଦେବା ପାଇଁ ପ୍ରସ୍ତୁତି ଚଳାଇଛନ୍ତି । ତେଣୁ ଏହି ଘଟଣାରେ ଅତିରିକ୍ତ ଜିଲ୍ଲାପାଳ ହସ୍ତକ୍ଷେପ କରି ସମସ୍ତ କାର୍ଯ୍ୟ ସମ୍ପୂର୍ଣ୍ଣ ନ ହେବା ପର୍ଯ୍ୟ' ପ୍ରକଳ୍ପର ହସ୍ତା'ର ପ୍ରକ୍ରିୟା ବନ୍ଦ ରଖିବାକୁ ସ୍ମାରକପତ୍ରରେ କଂଗ୍ରେସ ତରଫରୁ ଉଲ୍ଲେଖ କରାଯାଇଛି । ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ତଥା ରାଉରକେଲାର ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ବିରେନ ସେନାପତି, ବରିଷ୍ଠ ଉପସଭାପତି ଦେବବ୍ରତ ବିହାରୀ, ଅନ୍ୟତମ ଉପସଭାପତି ସ'ୋଷ ବିଶ୍ୱାଳ ଓ କୀର୍ତ୍ତନ ଦାସ, ପୂର୍ବତନ କାର୍ଯ୍ୟକାରୀ ସଭାପତି ସବୀର ହୁସେନ, ପୂର୍ବତନ ପିସିସି ସମ୍ପାଦକ ଗଣେଶ ପ୍ରଧାନ, ଲିଗାଲ ସେଲ୍ ଅଧ୍ୟକ୍ଷ ବିସ୍ମୟ ଦାସ, ଅସଙ୍ଗଠିତ ଶ୍ରମିକ କଂଗ୍ରେସ ଅଧ୍ୟକ୍ଷ ନିହାର ଦାସ, ମହିଳା କଂଗ୍ରେସ ସଭାନେତ୍ରୀ ନିରୂପମା ବଳିୟାରସିଂ, ମୁଖପାତ୍ର କୈଳାସ ସାହୁ, ବ୍ଲକ୍ କଂଗ୍ରେସ ସଭାପତି ପ୍ରଦ୍ୟୁମ୍ନ ଷଡଙ୍ଗୀ, ପୂର୍ବତନ ବ୍ଲକ୍ ସଭାପତି ବିନୋଦ ବିହାରୀ ପଟ୍ଟନାୟକ, ଜିଲ୍ଲା କଂଗ୍ରେସ ସାଧାରଣ ସମ୍ପାଦକ ତୁଳସୀ ନାଗ, କାର୍ଯ୍ୟନିର୍ବାହୀ ସଦସ୍ୟ ଭାସ୍କର ଖିଲ୍ଲାର, ଦିଲ୍ଲୀପ ଜେନା, ସେବାଦଳର ବୁଲୁ ଦାସ, ନରେନ୍ଦ୍ର ବର୍ମା ପ୍ରମୁଖ ଉପସ୍ଥିତ ରହି ସ୍ମାରକପତ୍ର ପ୍ରଦାନ ସହିତ ଆଲୋଚନାରେ ଅଂଶଗ୍ରହଣ କରିଥିଲେ ବୋଲି ଦଳ ତରଫରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି ।

# ଓଡ଼ିଶାରେ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ୍ ଇଣ୍ଡିଆ କେ ବୋଲ୍ ସିଜିନ-୨ ଶୁଭାରମ୍ଭ

ଭୁବନେଶ୍ୱର (ପିଏନ୍): ଯୁବ କଂଗ୍ରେସ ପକ୍ଷରୁ ରାଷ୍ଟ୍ରୀୟ ଓ ରାଜ୍ୟସ୍ତରୀୟ ଯୁବ ପ୍ରବକ୍ତା ସଂଗ୍ରହ ନିମନ୍ତେ ଭୁବନେଶ୍ୱରରେ 'ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨' ଅଭିଯାନ ଶୁଭାରମ୍ଭ ହୋଇଛି । କାର୍ଯ୍ୟକ୍ରମରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସଭାପତି ଡ. ସ୍ମୃତି ରଂଜନ ଲେଙ୍କା, ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ର ଓଡ଼ିଶା ପ୍ରଭାରୀ ନମ୍ରତା ସୋନୀ, ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରବକ୍ତା ତଥା ଓଡ଼ିଶା ସହ ପ୍ରଭାରୀ ଜାବେଦ ଖାନଙ୍କ ସମେତ ଯୁବ କଂଗ୍ରେସର ଅନ୍ୟ ପ୍ରଦେଶ ପଦାଧିକାରୀମାନେ ଉପସ୍ଥିତ ରହି ଅଭିଯାନର ଶୁଭାରମ୍ଭ କରିଥିଲେ ।

ଏହି ଅବସରରେ ପ୍ରଭାରୀ ନମ୍ରତା ସୋନୀ କହିଲେ ଯେ ୟଙ୍ଗ ଇଣ୍ଡିଆ କେ ବୋଲ ହେଉଛି ଏଭଳି ଏକ କାର୍ଯ୍ୟକ୍ରମ, ଯାହା ମାଧ୍ୟମରେ ଯୁବବର୍ଗ ନିଜ ଅଂଚଳଠାରୁ ଆରମ୍ଭ କରି ଜାତୀୟସ୍ତରୀୟ ବିଭିନ୍ନ ପ୍ରସଙ୍ଗ ଉପରେ ନିଜର ଦୃଢ଼ ମତ ଉପସ୍ଥାପନ କରିବାର ସୁଯୋଗ ପାଇପାରିବେ । ଏହି ପ୍ରକ୍ରିୟା ପାଇଁ ଏକ ଗୁଗୁଲ ଫର୍ମ ଜାରି କରାଯାଇଛି, ଯାହାକି ମେ ୩୧ ସୁଦ୍ଧା ପୂରଣ କରାଯାଇପାରିବ । ଦ୍ୱିତୀୟ ପର୍ଯ୍ୟାୟରେ ଏହି ଅଂଶଗ୍ରହଣକାରୀମାନଙ୍କୁ ନେଇ ଜିଲ୍ଲାସ୍ତରରେ ବିଭିନ୍ନ ବକ୍ତୃତା ପ୍ରତିଯୋଗିତା ଆୟୋଜନ କରାଯିବ । ଏଥିରେ କୃତୀ ପ୍ରତିଯୋଗୀ ପରେ ରାଜ୍ୟସ୍ତରୀୟ ଏବଂ ବିଭିନ୍ନ ରାଜ୍ୟରୁ କୃତକାର୍ଯ୍ୟ ହୋଇଥିବା ପ୍ରତିଯୋଗୀ ଜାତୀୟସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ, ଯାହାକି ଆସନ୍ତା ଅକ୍ଟୋବର ମାସରେ ଅନୁଷ୍ଠିତ ହେବ ।

ସହ ପ୍ରଭାରୀ ଜାବେଦ ଖାନ ସୂଚନା ଦେଇ କହିଲେ ଯେ ସାରା ଦେଶରେ ଯୁବ ପ୍ରତିଭା ଓ ସାହସୀ ଯୁବବର୍ଗଙ୍କୁ ଖୋଜି ବାହାର କରିବା ନିମନ୍ତେ ରାହୁଲ ଗାନ୍ଧିଙ୍କ ଅଭିନବ ପରିକଳ୍ପନା ସ୍ୱରୂପ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ଶୁଭାରମ୍ଭ ହୋଇଛି । ୨୦୨୧ରେ ଭାରତୀୟ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ମାଧ୍ୟମରେ ୨୭ଜଣ ରାଷ୍ଟ୍ରୀୟ ପ୍ରବକ୍ତା ଓ ୨୫୦ରୁ ଊର୍ଦ୍ଧ୍ୱ ପ୍ରଦେଶସ୍ତରୀୟ ପ୍ରବକ୍ତାଙ୍କୁ ଚୟନ କରାଯାଇଥିଲା । ରାହୁଲ ଗାନ୍ଧିଙ୍କ ଏହି ପରିକଳ୍ପନାକୁ ପୁଣି ଥରେ ସାକାର କରିବା ନିମନ୍ତେ ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରଭାରୀ କ୍ରିଷ୍ଣା ଆଲାବାରୁଙ୍କ ମାର୍ଗ ଦର୍ଶନ ତଥା ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ଅଧ୍ୟକ୍ଷ ବି.ଭି ଶ୍ରୀନିବାସଙ୍କ ନେତୃତ୍ୱରେ ଦେଶବ୍ୟାପୀ ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ ଆରମ୍ଭ ହୋଇଛି । ଗତ ୨୬ ମାର୍ଚ୍ଚରୁ ଯୁବ କଂଗ୍ରେସ ରାଷ୍ଟ୍ରୀୟ କାର୍ଯ୍ୟାଳୟଠାରେ ଉଦ୍‌ଘାଟିତ ହୋଇଥିବା ଏହି ଅଭିଯାନ ବିଭିନ୍ନ ରାଜ୍ୟରେ କରାଯାଉଛି । କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସମ୍ପାଦକ ଜ୍ଞାନ ରନ ରାଉତ, ବୀରେନ କୁମାର ଦଳେଇ, ଆଶୁତୋଷ ଲେଙ୍କା, ଶ୍ରୀବତ୍ସ ରଥ, ମନିଷା ଦାଶ ପଟ୍ଟନାୟକ, ରାକେଶ ଦାସ, ରିତୁଲ ମହାରଣା, ସୌମ୍ୟରଂଜନ ମିଶ୍ର, ଅକ୍ଷୟ କୁମାର ମଲ୍ଲ, ହରିଶଙ୍କର ଜେନା ପ୍ରମୁଖ ଉପସ୍ଥିତ ଥିଲେ ।

## ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ

ଖୋର୍ଦ୍ଧା (ପିଏନ)- ଖୋର୍ଦ୍ଧା ଜିଲ୍ଲା ସଦର ମହକୁମାରେ ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ ସଭାପତି ଅଗାଧୁ ସେଠୀଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ ସରକାରଙ୍କ ଶିକ୍ଷା ଓ ଶିକ୍ଷକ ମାରଣ ନୀତିକୁ ତୀବ୍ର ସମାଲୋଚନା କରିବା ସହ ଦୀର୍ଘ ୬ ବର୍ଷ ଧରି ସରକାରଙ୍କ ପକ୍ଷରୁ ଏ ପର୍ଯ୍ୟନ୍ତ ନୂତନ ଶିକ୍ଷକ ନିଯୁକ୍ତି କରି ନାହାନ୍ତି । ଫଳରେ ବହୁ ଶିକ୍ଷକ ପଦବୀ ଖାଲି ପଡିଥିବାବେଳେ ବିଦ୍ୟାଳୟରେ ଶିକ୍ଷାଦାନ ବାଧାପ୍ରାପ୍ତ ହୋଇପଡିଛି । ସରକାରଙ୍କ ତ୍ରୁଟିପୂର୍ଣ୍ଣ ନୀତି ଯୋଗୁଁ ଗୁଣାତ୍ମକ ମାନ ବୃଦ୍ଧି ପାଇନାହିଁ ବୋଲି ସଂଘ ଅଭିଯୋଗ କରିଛି । ତେବେ ଶିକ୍ଷକମାନଙ୍କର ବିଭିନ୍ନ ସମସ୍ୟାରୁ ଶିକ୍ଷା ଅଧିକାରୀମାନେ ସମାଧାନ କରିପାରି ନାହାନ୍ତି । ସମସ୍ତ ଜିଲ୍ଲାର ଶିକ୍ଷକଙ୍କ ପଦୋନ୍ନତି ଦିଆଯାଇଥିବା ବେଳେ ଖୋର୍ଦ୍ଧା ଜିଲ୍ଲାରେ ଲେବୁଲ୫(କ)ରୁ ୫(ଖ)ରୁ ଲେବୁଲ ୪କୁ ପଦୋନ୍ନତି କରାଯାଉନାହିଁ । ଶିକ୍ଷକମାନଙ୍କୁ ନିଜ ବ୍ଲକକୁ ବଦଳି କରିବା, ବେଗୁନିଆ ବ୍ଲକର ଯେଉଁ ଶିକ୍ଷକମାନଙ୍କର ୧୦ ବର୍ଷ ପୂରଣ ହୋଇଛି ସେମାନଙ୍କୁ ଏମଏସପି ସୁବିଧା ଦେବା, ମାସର ପ୍ରଥମ ଦିନର ଦରମା ପ୍ରଦାନ କରିବା ଓ ଶିକ୍ଷକମାନଙ୍କୁ ଡିଆଇସି ପାସ ବୁକ ପ୍ରଦାନ କରାଯାଉ ନଥିବାରୁ ନେତୃବୃନ୍ଦ ଅସନ୍ତୋଷ ପ୍ରକାଶ କରିଥିଲେ ।

# ଓଡିଶାରେ ବିଲାଇଭର ୫ମ ମଲ୍ଟି ବ୍ରାଣ୍ଡ ଷ୍ଟୋର

ଭୁବନେଶ୍ୱର,(ପି.ଏନ): ସାରା ଦେଶରେ ଏହାର ସମ୍ପ୍ରସାରଣ ପ୍ରୟାସ ଜାରି ରଖିଥିବା ବିଲାଇଭ ଭାରତର ଦ୍ରୁତତମ ବୃଦ୍ଧି ପାଉଥିବା ମଲ୍ଟି ବ୍ରାଣ୍ଡ ଇଲେକ୍ଟ୍ରିକ୍ ଯାନ ପ୍ଲାଟଫର୍ମ,ଏହାରପଞ୍ଚମ ମଲ୍ଟି ବ୍ରାଣ୍ଡ ଷ୍ଟୋର ଓଡିଶାର ବ୍ରହ୍ମପୁରରେ ଖୋଲିଛି । ବିଲାଇଭର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ପ୍ରତୀକ ଦାଶଙ୍କ ସହ ଶ୍ରୀ ସ'ୋଷ କୁମାର ଅଗ୍ରୱାଲ, ଆଶିଷ ଅଗ୍ରୱାଲ ଏବଂ ଷ୍ଟୋର କର୍ମଚାରୀଙ୍କ ଉପସ୍ଥିତିରେ ଏହି ଷ୍ଟୋରକୁ ଉଦଘାଟନ କରିଥିଲେ । ବୈଦୁତିକ ଗତିଶୀଳତା ଏବଂ ଇନ୍ଧନ ମୂଲ୍ୟ ବୃଦ୍ଧିରେ ବିଶ୍ୱ ସଚେତନତା ହେତୁ ଗ୍ରାହକଙ୍କ ଚାହିଦାର ବୃଦ୍ଧିକୁ ନଜରରେ ରଖି ଏହି ଭାରତର ୨୬ ତମ ଇଭି ଷ୍ଟୋରକୁ ଓଡିଶାର ବ୍ରହ୍ମପୁରରେ ଖୋଲାଯାଇଛି । ବିଲାଇଭ ଷ୍ଟୋର ଏକାଧିକ ଇଭି ବ୍ରାଣ୍ଡ, ବିଶେଷଜ୍ଞ ସମର୍ଥନ, ସହଜ ଅର୍ଥ ଏବଂ ରୋମାଞ୍ଚକର ଅଫରରୁ ବିଭିନ୍ନ ପ୍ରକାରର ବୈଦ୍ୟୁତିକ ଯାନ ପ୍ରଦାନ କରେ । ବିଭିନ୍ନ ବୈଦ୍ୟୁତିକ ସ୍କୁଟର, ଚକ, ମୋଟରସାଇକେଲ ଏବଂ ବିତରଣ ଯାନ ପାଇଁ କ୍ରେତାମାନେ ଇଏମଆଇରେ ମାସକୁ ୨,୦୦୦ ରୁ କମ୍ ଚୟନ କରିପାରିବେ । ୨୦ ରୁ ଅଧିକ ଫ୍ରାଞ୍ଚାଇଜ୍ ମାଲିକାନା ଷ୍ଟୋରଗୁଡିକର ଏକ ନେଟୱାର୍କ ସହିତ,ବିଲାଇଭ ୨୫୦୦ ରୁ ଅଧିକ ପରିବାର ଏବଂ ବ୍ୟବସାୟକୁ ବୈଦୁତିକ ଯାନ ମାଧ୍ୟମରେ ସାହାଯ୍ୟ କରିଛି । ଷ୍ଟୋରରେ କିନେଟିକ୍ ଗ୍ରୀନ୍, ହିରୋ ଲେକ୍ଟ୍ରୋ, ଡିଟେଲ, ବ୍ୟାଟ୍‌ରେ, ଜେମୋପାଇ, ଟେଟୋ ଇଲେକ୍ଟ୍ରା, ଇ-ମୋଟୋରଡ ଏବଂ ଅନ୍ୟାନ୍ୟ ବୈଦ୍ୟୁତିକ ଯାନ ପ୍ରଦର୍ଶିତ ହୋଇଛି । ଗ୍ରାହକମାନେ ଷ୍ଟାଇଲିସ୍ ଲୁକ୍ ସହିତ ବହୁ ପ୍ରତୀକ୍ଷିତ ହାଇ ସ୍ପିଡ୍ ଇଭିଗୁଡିକ ମଧ୍ୟରୁ ଗୋଟିଏ ଅନୁଭବ କରିପାରନ୍ତି - ବିଲାଇଭର ମଲ୍ଟି ବ୍ରାଣ୍ଡ ଷ୍ଟୋରରେ ବ୍ୟାଟ୍: ପୁନ ଷ୍ଟୋରୀ । ଏହି ସ୍ମାର୍ଟ ଏବଂ ଅଭିନବ ଇ-ବାଇକ୍ ବ୍ୟାଟ୍‌ରେ ଏହାର ରେ ପ୍ରଥମ ଅଟୋ।ସିଇଓ ତଥା ସହ-ପ୍ରତିଷ୍ଠାତା ସମର ଖୋଲକର କହିଛନ୍ତି ଯେ 'ଓଡିଶାରେ ଭଳି ରାଜ୍ୟରେ ଏକ ନୂତନ ମଲ୍ଟି ବ୍ରାଣ୍ଡ ଅଭିଜ୍ଞତା ଷ୍ଟୋର ସହିତ ଆମର ଉପସ୍ଥିତି ବଢାଇବାକୁ ଆମେ ଉତ୍ସାହିତ । ସତ କହିବାକୁ ଗଲେ, ଆମେ ଓଡିଶାରେ ଏହି ପ୍ରକାରର ଜବରଦସ୍ତ ପ୍ରତିକ୍ରିୟା ପାଇବାକୁ ଆଶା କରିନାହୁଁ; ଆମେ ପ୍ରକୃତରେବ୍ରହ୍ମପୁରର ନୂତନ ଷ୍ଟୋର ଲୋକମାନଙ୍କୁ ଇଲେକ୍ଟ୍ରିକ୍ ଗତିଶୀଳତାପାଇଁ ଇଭିଏସ୍ ଷ୍ଟୋର ହୋମ ଡେମୋକୁ ମଧ୍ୟ ସୁଗମ କରିବ ଏବଂ ଗ୍ରାହକଙ୍କୁ ରୋମାଞ୍ଚକର ଅଫର ଏବଂ ସହଜ ଫାଇନାନ୍ସ ବିକଳ୍ପ ବିଷୟରେ ସୂଚନା ପ୍ରଦାନ କରିବ । 'ଜଳବାୟୁ ପରିବର୍ତ୍ତନ ଚି'।ଧାରାକୁ ନେଇ ବିଶ୍ୱସ୍ତରୀୟ ସଚେତନତା ସହିତ ବୈଦ୍ୟୁତିକ ଗତିଶୀଳତା ବୃଦ୍ଧି ପାଇଁ ଭାରତର ପ୍ରତିବଦ୍ଧତା ଦ୍ୱାରା ରାଜ୍ୟ ସରକାର ଚଳିତ ବର୍ଷ ପ୍ରାରମ୍ଭରେ ଏହାର ଇଭି ନୀତି ପ୍ରକାଶ କରିଛନ୍ତି ଯାହା ଉଭୟ ବ୍ୟକ୍ତିଗତ ଗତିଶୀଳତା ଏବଂ ସାଧାରଣ ପରିବହନ ବିଭାଗରେ ବୈଦ୍ୟୁତିକ ଯାନ ଗ୍ରହଣକୁ ସମର୍ଥନ କରିବ । ଇଭି ନୀତି ମଧ୍ୟ ସ୍ୱଚ୍ଛ ଶକ୍ତି ଉତ୍ସ ଉପରେ ଧ୍ୟାନ ଦେଇ ଇଲେକ୍ଟ୍ରିକ୍ ଭେଇକିଲ୍ ଚାର୍ଜିଂ ଷ୍ଟେସନ୍ ଏବଂ ବ୍ୟାଟେରୀ ସ୍ୱାପିଂ ଷ୍ଟେସନର ଏକନେଟୱାର୍କ ସୃଷ୍ଟି କରିବାକୁ ସକ୍ଷମ କରିବାକୁ ଚେଷ୍ଟା କରେ ।ଚଳିତ ବର୍ଷ ଫେବୃଆରୀରେ ଘୋଷିତ ହୋଇଥିବା ଇଭି ନୀତି ଅନୁଯାୟୀ ମିଶନ ଶକ୍ତି, ବ୍ୟକ୍ତିବିଶେଷ ତଥା ରାଜ୍ୟ ସରକାରୀ କର୍ମଚାରୀଙ୍କ ପାଇଁ ଓଡିଶା ସରକାର ସ୍ୱତନ୍ତ୍ର ଯୋଜନା ଘୋଷଣା କରିଛନ୍ତି । ବ୍ରହ୍ମପୁରରେ ଥିବା ବିଲାଇଭ ଷ୍ଟୋରର ଆଶିଷ ଅଗ୍ରୱାଲ ଏହି ଉନ୍ମୋଚନ ସମ୍ପର୍କରେ ସୂଚନା ଦେଇ କହିଛନ୍ତି, 'ଆମେ ବିଲାଇଭ ସହ ସହଭାଗୀ ହୋଇ ଗର୍ବିତ ଏବଂ ଓଡିଶାରେ ବୈଦ୍ୟୁତିକ ଗତିଶୀଳତାକୁ ଉତ୍ସାହିତ କରିବା ଦିଗରେ ଆମର ପ୍ରତିବଦ୍ଧତା ପ୍ରଦର୍ଶନ କରୁଛୁ । ଇଭିଏସ୍ ଶୀଘ୍ର ଜନତାଙ୍କ ମଧ୍ୟରେ ଆକର୍ଷିତ ହେବାରେ ଲାଗିଛି, ସେମାନଙ୍କର କାର୍ଯ୍ୟଦକ୍ଷତା ଏବଂ ନିର୍ଭରଯୋଗ୍ୟତା ଉପରେ ସାମାନ୍ୟ ଆଶଙ୍କା ଅଛି । ଆମେ ଲୋକମାନଙ୍କୁ ଅନୁରୋଧ କରୁଛୁ ଯେ ଆମର ବୈଦ୍ୟୁତିକ ଯାନଗୁଡିକର ପରିସର ଅନୁସନ୍ଧାନ କରିବାକୁ ଏବଂ ଇଲେକ୍ଟ୍ରିକ୍ ଗତିଶୀଳତା କାହିଁକି ଘଣ୍ଟାର ଆବଶ୍ୟକତା ଅଟେ ।


DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com

# ମୋ ସହର

## ରାସ୍ତାରେ ହେଲା ପ୍ରସବ; ଶିଶୁପୁତ୍ରର ମୃତ୍ୟୁ ପ୍ରସୂତୀଙ୍କୁ ମିଳିଲାନି ଚିକିତ୍ସା

## ଟାଟାଷ୍ଟିଲ ଭୁଲିଗଲା ମାନବିକତା



ଯୋଡ଼ା (ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ପୌରପାଳିକା ୯ ୱାର୍ଡ ଗୋପ ହଟିଂ ସ୍ଥିତ ମଙ୍ଗଳାମନ୍ଦିର ନିକଟ ରାସ୍ତାରେ ଜନ୍ମ ହୋଇଛି ଏକ ଶିଶୁପୁତ୍ର । ଭୂମିଷ୍ଠ ହେବା ପରେ ଶିଶୁପୁତ୍ରଟିର ମୃତ୍ୟୁ ହୋଇଯାଇଥିବା ଖବର ହସ୍ତଗତ ହୋଇଛି । ଏହି ଅଭାବନୀୟ ଘଟଣା ଦେଖିବାକୁ ମିଳିଛି ସର୍ବାଧିକ ଖଣି ରାଜସ୍ୱ ଦେଉଥିବା ଖଣି ଉପତ୍ୟକା ଯୋଡା ସହରରେ । ପ୍ରତ୍ୟେକ୍ଷ ସୂତ୍ରରୁ ପ୍ରକାଶ ଯେ ସୋମବାର ରାତ୍ର ପ୍ରାୟ ସାଢେ ୧୦ଟା ସମୟରେ ଜଳହରୀ ପ ାୟତ ଅଧୀନରେ ଆଇଟିସି କଲୋନୀ ନିବାସୀ କପିଳାସ ନାଏକ ତାଙ୍କ ପତ୍ନୀ ସୁକମତୀ ପୂ ି ଏବଂ ତାଙ୍କ ଶାଶୁ ଘାସ ନାଏକ ସୁକୁମତୀଙ୍କୁ ଦୁଇ କାନ୍ଧର ସାହାରାରେ ମଙ୍ଗଳାମନ୍ଦିର ରାସ୍ତା ଦେଇ ସରକାରୀ ଡାକ୍ତରଖାନାକୁ ନେଉଥିବା ବେଳେ ପ୍ରସବ ବେଦନା ସହିନପାରି ସୁକୁମତୀ ରାସ୍ତାରେ ଉପରେ ଶିଶୁପୁତ୍ରକୁ ଜନ୍ମ ଦେଇଥିଲେ । ହେଲେ ଶିଶୁପୁତ୍ରଟିର କିଛିକ୍ଷଣ ପରେ ମୃତ୍ୟୁ ଘଟିଥିଲା । ପ୍ରସବ ବେଦନାର ଚିତ୍କାର ଏବଂ ମୃତ ଶିଶୁପୁତ୍ରର ଦୁଃଖରେ ମ୍ରିୟମାଣ ମୃତ ଶିଶୁର ମା'ଙ୍କର କ୍ରନ୍ଦନ ବସ୍ତିବାସିନ୍ଦାଙ୍କ ନିଦ ହଜାଇ ଦେଇଥିଲା । ଏସମ୍ପର୍କରେ ବିଶ୍ୱିବନ୍ଧ ଭାବେ ସୁକୁମତୀଙ୍କ ସ୍ୱାମୀ କପିଳାସଙ୍କ ଠାରୁ ଜାଣିବାକୁ ମିଳିଥିଲା ଯେ ସୋମବାର ଅପରାହ୍ନ ୨ଟା ବେଳେ ସେ ଓ ତାଙ୍କ ପରିବାର ସୁକୁମତୀଙ୍କୁ ପ୍ରସବ ପାଇ ଯୋଡା ସ୍ଥିତ ସରକାରୀ ଡାକ୍ତରଖାନାରେ ଭ ର୍ତ୍ତି କରିଥିଲେ । ସେଠାରେ ତାଙ୍କର ଅବସ୍ଥା ଜଟିଳ ଥିବାରୁ ତାଙ୍କୁ ଡାକ୍ତରଖାନା ପକ୍ଷରୁ କେନ୍ଦୁଝର କିମ୍ବା ଚମ୍ପୁଆ ନେବା ପାଇଁ କୁହାଯାଇଥିଲେ ହେଁ ସମ୍ବଳ ଅଭାବରୁ ସେ ଟାଟା କମ୍ପାନୀ ଡାକ୍ତରଖାନାକୁ ନେଇଯାଇଥିଲେ । ସେଠାରେ ତାଙ୍କୁ ଚିକିତ୍ସା କରାଯିବା ପରିବର୍ତ୍ତେ କେବଳ କୋଭିଡ ଟେଷ୍ଟ କରାଇ କୌଣସି ରିପୋର୍ଟ ନଦେଇ ତାଙ୍କୁ ପୁନଃ ସରକାରୀ ଡାକ୍ତରଖାନାକୁ ପଠାଇ ଦିଆଯାଇଥିଲା । ସେଠାରୁ ସରକାରୀ ଡାକ୍ତରଖାନାକୁ ଆସିବା ପାଇଁ କୌଣସି ଗାଡି କିମ୍ବା ଆମ୍ବୁଲାନ୍ସର ସୁବିଧା ନମିଳିବାରୁ ଶେଷରେ ସୁକୁମତୀ ପୂର୍ତ୍ତିଙ୍କ ସ୍ୱାମୀ ଓ ଶାଶୁ ଦୁଇ କାନ୍ଧରେ ଆଶ୍ରା କରି ପାଦରେ ଚାଲି ଚାଲି ମଙ୍ଗଳାମନ୍ଦିର ଦେଇ ରାସ୍ତା ଅତିକ୍ରମ କରୁଥିବା ବେଳେ ଗର୍ଭବତୀ ମହିଳା ସୁକୁମତୀଙ୍କ ରାସ୍ତାରେ ପ୍ରାୟ ରାତ୍ର ୧୧ଟା ବେଳେ ସନ୍ତାନ ପ୍ରସବ ହୋଇଯାଇଥିଲା । ଶିଶୁପୁତ୍ରଟିର ଜନ୍ମ ହେବାର କିଛି ସମୟ ପରେ ମୃତ୍ୟୁ ହୋଇଯାଇଥିଲା । କ୍ରନ୍ଦନ ଏବଂ ଚିତ୍କାର ଶବ୍ଦ ଶୁଣି ସ୍ଥାନୀୟ ଲୋକେ ଆସି ଦେଖିବା ପରେ ସମସ୍ତେ ସ୍ତବ୍ଧ ହୋଇଯାଇଥିଲେ । କାରଣ ଶିଶୁପୁତ୍ର ଜନ୍ମ ହେବା ପରେ ଶିଶୁପୁତ୍ରଟିର ନାଭି ମା' ସହିତ ସଂଯୋଗ ହୋଇ ରହିଥିଲା । ମାଙ୍କର ଜୀବନ ପ୍ରତି ବିପଦ ଥିବାରୁ ତୁରନ୍ତ ସ୍ଥାନୀୟ ଲୋକ ୧୦୮ ଆମ୍ବୁଲାନ୍ସକୁ ଖବର ଦେବା ସହିତ ଟାଟାକମ୍ପାନୀ ମୁଖ୍ୟ ଚିକିତ୍ସାଧିକାରୀଙ୍କୁ ଫୋନ ଯୋଗେ ଜଣାଇଥିଲେ । ତେବେ ବଡବିଲରୁ ୧୦୮ ଆମ୍ବୁଲାନ୍ସଟି ପହଞ୍ଚି ସୁକୁମତୀଙ୍କୁ ମୃତ ଶିଶୁପୁତ୍ର ସହ ସ୍ଥାନୀୟ ସରକାରୀ ଡାକ୍ତରଖାନାରେ ଭର୍ତ୍ତି କରିଥିଲେ । ଏହି ଘଟଣା ପ୍ରଘଟ ହେବା ପରେ ଜନସାଧାରଣଙ୍କ ମନରେ ଘରୋଇ ଡାକ୍ତରଖାନା ପ୍ରତି ପ୍ରବଳ ଆକ୍ରୋଶ ଦେଖାଯାଇଥିଲା । ଯୋଡା ବିକାଶ ପରିଷଦ ପକ୍ଷରୁ ସଭାପତି ନିରଞ୍ଜନ ବହିଦାର କ୍ଷୋଭର ସହ ନିଜର ପ୍ରତିକ୍ରିୟାରେ କହିଛନ୍ତି ଯେ ଟାଟା ଖଣି ଖାଇ ପାଣି ଖାଇଲା ହେଲେ ପ୍ରଭାବିତ ଲୋକଙ୍କର ସେବାକୁ ନିଜର ଦାୟିତ୍ୱ ବଦଳରେ ଦୟା ବୋଲି ଭାବିଲା । ଏସମ୍ପର୍କରେ ଟାଟା କମ୍ପାନୀ ଡାକ୍ତରଖାନା ମୁଖ୍ୟ ଚିକିତ୍ସାଧିକାରୀ ଏମ.କେ.ତ୍ରିପାଠୀ ତାଙ୍କ ପ୍ରତିକ୍ରିୟାରେ କହିଥିଲେ ଯେ ମହିଳା ଜଣକ ଚିକିତ୍ସା ନିମନ୍ତେ ଏଠାକୁ ଆସିଥିବା ସେ ଜାଣିଛନ୍ତି । ଏବଂ ତାଙ୍କର କୋଭିଡ ଟେଷ୍ଟ ମଧ କରାହେବା ପରେ କରୋନା ପଜିଟିଭ ରିପୋର୍ଟ ଜଣାପଡିଛି । ରୋଗୀ ଏଠାରୁ ଚାଲିଯିବା ସମ୍ପର୍କରେ ସେ ତଦନ୍ତ କରିବେ । ତଦନ୍ତ ପରେ କାର୍ଯ୍ୟାନୁଷ୍ଠନ ଗ୍ରହଣ କରାଯିବ ବୋଲି ସେ କହିଥିଲେ । ତେବେ ଏଠାରେ ପ୍ରଶ୍ନ ଉଠୁଛି ଯେ ଟାଟାଷ୍ଟିଲ ଡାକ୍ତରଖାନା ପରିସର ମଧ୍ୟରେ କୋଭିଡ ଡାକ୍ତରଖାନା ଥିବା ସତ୍ତ୍ୱେ କିପରି ମହିଳାଙ୍କୁ ଚିକିତ୍ସା କରାନଯାଇ କିପରି ଦାୟିତ୍ୱହୀନ ଭାବେ ପଠାଇ ଦିଆଗଲା ଓ ଆମ୍ବୁଲାନ୍ସଟିଏ ମଧ ତାଙ୍କୁ ଦିଆଗଲା ନାହିଁ ଏହା ଜନସାଧାରଣଙ୍କ ପ୍ରଶ୍ନ । ତେଣେ ସରକାରୀ ଡାକ୍ତରଖାନାରୁ ପ୍ରସବ ଚିକିତ୍ସା ହେବା ପରେ ମହିଳା ଓ ତାଙ୍କ ପରିବାର ଜଳହରୀ ସ୍ଥିତ ଆଇଟିସି ଗ୍ରାମକୁ ଚାଲି ଯାଇଛନ୍ତି । ଯାହାକୁ ସଂକ୍ରମଣର ଆଶଙ୍କାକୁ ବଢାଇ ଦେଇଛି । ଏନେଇ ଟାଟା କମ୍ପାନୀ କର୍ପୋରେଟ କମ୍ୟୁନିକେଶନର ଅଧିକାରୀ ଆଶିଷ ଆଚାର୍ଯ୍ୟ ପ୍ରେସ ବିବୃତ୍ତି ଦେଇ ସୂଚନା ଦେଇଛନ୍ତି ଯେ ସୁକୁମତୀ ପୂର୍ତ୍ତିଙ୍କୁ ଅକ୍ଟୋବର ୫ ତାରିଖ ରାତି ପ୍ରାୟ ୮.୪୦ ମିନିଟରେ ଟାଟାଷ୍ଟିଲ ହସ୍ପିଟାଲକୁ ଅଣାଯାଇଥିଲା । ହସ୍ପିଟାଲରେ ୨ଜଣ ସ୍ତ୍ରୀ ଓ ପ୍ରସୂତୀ ବିଭାଗର ବିଶେଷଜ୍ଞ ଅଛନ୍ତି । ଜଣେ ଡାକ୍ତର ସଙ୍ଗରୋଧରେ ଥିବାରୁ ସେ ରୋଗୀଙ୍କୁ ଦେଖି ପାରିବେ ନାହିଁ । ଦ୍ୱିତୀୟ ଡାକ୍ତର କୋଭିଡରୁ ଏବେ ସୁସ୍ଥ ହୋଇଛନ୍ତି ଓ ସେହି ସମୟରେ ସେ ଅସୁସ୍ଥତା ଅନୁଭବ କରିବାରୁ ଡାକ୍ତରଖାନାକୁ ଆସିପାରିନଥିଲେ । ଏପରିସ୍ଥିତିରେ ରୋଗୀଙ୍କୁ ଏଠାରେ ଭର୍ତ୍ତି କରିବା ସମ୍ଭବପର ନଥିବାରୁ ନିକଟସ୍ଥ ହସ୍ପିଟାଲକୁ ନେବା ପାଇଁ ପରାମର୍ଶ ଦିଆଯାଇଥିଲା ।

## ଖଟିଖିଆଙ୍କୁ ମାଗଣା ଖାଦ୍ୟ, ୬ ମାସ ପାଇଁ ପ୍ରତି ପରିବାରକୁ ଆର୍ଥିକ ସହାୟତା ଦାବିରେ ସିପିଆଇଏମ୍‌ର ବିକ୍ଷୋଭ

ଭଦ୍ରକ, (ପିଏନ)- ସିପିଆଇଏମ୍ ପଲିଟି ବ୍ୟୁରୋ ଡାକରାରେ ସାରା ଦେଶରେ ଗତ ୧୭ ତାରିଖ ଠାରୁ ମୋଦି ସରକାର ବିରୋଧୀ ଆନ୍ଦୋଳନ ଜାରି ରହିଛି । ଏହି ପରିପ୍ରେକ୍ଷୀରେ ବିଭିନ୍ନ ଦାବି ନେଇ ସିପିଆଇଏମ ଭଦ୍ରକ ଜିଲ୍ଲା କମିଟି ପକ୍ଷରୁ ସ୍ଥାନୀୟ ବନ୍ତ ଛକଠାରେ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି । ସମଗ୍ର ବିଶ୍ୱ କରୋନା ମହାମାରୀ କବଳରେ ରହିଛି । ଭାରତ ବର୍ଷ ମଧ ଏଥିରୁ ବାଦ୍ ପଡିନାହିଁ । ଦେଶବାସୀଙ୍କ ଜୀବନ ଓ ଜୀବିକା ସଂକଟମୟ ସ୍ଥିତି ମଧ୍ୟରେ ଗତି କରୁଛି । ଏଭଳି ସମୟରେ କେନ୍ଦ୍ରର ମୋଦି ସରକାର ସଂସଦରେ ଏ ବିଷୟ ଆଲୋଚନା ନ କରି କୃଷିଜାତ ଦ୍ରବ୍ୟ ଡାଲି, ଧାନ, ଆଳୁ, ପିଆଜକୁ ୩ଟି ଅଧାଦେଶ ଜରିଆରେ କର୍ପୋରେଟ କମ୍ପାନୀ ହାତକୁ ଟେକି ଦେଇଛି । ସମସ୍ତ ରାଷ୍ଟ୍ରାୟ ଶିଳ୍ପ ଯଥା ରେଳବାଇ, ବିମାନ ସେବା, ବ୍ୟାଙ୍କ, ଡାକ, ବୀମା, ଖଣିକୁ ଶାଗମାଛ ଦରରେ ଆଦାନୀ, ଅମ୍ବାନୀ ତଥା ବିଦେଶୀ କର୍ପୋରେଟ କମ୍ପାନୀକୁ ଟେକି ଦିଆଯାଉଛି ବୋଲି ବିକ୍ଷୋଭ ଅବସରରେ ଆରୋପ କରାଯାଇଛି । ଦେଶରେ ପେଟ୍ରୋଲ, ଡିଜେଲର ଦରବୃଦ୍ଧିକୁ ନିୟନ୍ତ୍ରଣ କରିବା, ଅତ୍ୟାବଶ୍ୟକ ସାମଗ୍ରୀର ମୂଲ୍ୟରେ ସ୍ଥିରତା ଆଣିବା, କରୋନା ମହାମରୀ ଜନିତ ଗରିବ ଖଟିଖିଆ ରିକ୍ସା ଚାଳକ, ନିର୍ମାଣ ଶ୍ରମିକ, ପରିବହନ ଶ୍ରମିକ, ବନ୍ଦର ଶ୍ରମିକ, ଟ୍ରଲି ଚାଳକ ଭଳି ପରିବାରକୁ ମାଗଣା ଖାଦ୍ୟ ଯୋଗାଣ ଓ ପ୍ରତି ପରିବାରକୁ ୬ ମାସ ପାଇଁ ମାସିକ ୭୫୦୦ ଟଙ୍କା ଆର୍ଥିକ ସହାୟତା ଯୋଗାଇବାକୁ ବିକ୍ଷୋଭ ସଭାରେ ଦାବି କରାଯାଇଛି । ପାର୍ଟିର ଜିଲ୍ଲା କମିଟି ସମ୍ପାଦକ ଦିବ୍ୟସିଂହ ନାୟକଙ୍କ ନେତୃତ୍ୱରେ ଅନୁଷ୍ଠିତ ସଭାରେ ସେକ୍ କାସିମ, ସେକ୍ ମନୱର, ସେକ୍ ସିକ୍ରୁ, ଗେଜ ମୁଣ୍ଡା, ମ ୁ ମୁଣ୍ଡା, ସେକ୍ ହାଦିକ, ସନାତନ ଦାସ, ସନ୍ତୋଷ ରାଉତ, ସେକ୍ କମର, ସେକ୍ ଅବଦୁଲ ରହେମାନ, ଜଗନ୍ନାଥ ରାଓ, ରାଜୁ ରାଓ, ମେହେମୁଦ୍ ପ୍ରମୁଖ ବିକ୍ଷୋଭ ସଭାରେ ସାମିଲ ହୋଇଥିଲେ ।

## କାରଖାନା ବନ୍ଦ ପାଇଁ ଚକ୍ରାନ୍ତ, ବଢୁଛି ଅସନ୍ତୋଷ

କେନ୍ଦୁଝର, (ପିଏନ): କେନ୍ଦୁଝର ଜିଲ୍ଲାରେ ଖଣିଜ ସଂପଦର ସଦୁପଯୋଗ କରିବା ପାଇଁ ଶିଳ୍ପ ପ୍ରତିଷ୍ଠା ଜରୁରୀ ହୋଇପଡିଛି । ବହୁ କମ୍ପାନୀ ଶିଳ୍ପ ନକରି ଖଣିଜ ପଥର ଚାଲାଣ କରି ଲାଭବାନ ହେଉଥିବାବେଳେ କେତେକ କମ୍ପାନୀ ଖଣିଜ ପଥର ସଦୁପଯୋଗ କରିବା ସହ ଜିଲ୍ଲାର ବିକାଶ ଓ ସ୍ଥାନୀୟ ଅ ଳର ବେକାର ଯୁବକ ଯୁବତୀଙ୍କ ନିଯୁକ୍ତିକୁ ଆଖି ଆଗରେ ରଖି ଶିଳ୍ପ ପ୍ରତିଷ୍ଠା କରିଛନ୍ତି । ତେବେ କେତେକ ମୃଷ୍ଟିମେୟ ନ୍ୟସ୍ତସ୍ୱାର୍ଥ ବ୍ୟକ୍ତି ନିଜର ଫାଇଦା ପାଇଁ ସ୍ଥାନୀୟ ସରଳ ଗରୀବ ଲୋକଙ୍କୁ ମତାଇ ଉକ୍ତ ଶିଳ୍ପ ବନ୍ଦ ପାଇଁ ଚକ୍ରାନ୍ତ ଚଳାଇ ଆସୁଥିବାରୁ ଅସନ୍ତୋଷ ବଢିବାରେ ଲାଗିଛି । ଏଭଳି ଘଟଣା ବାଂଶପାଳ ବ୍ଲକ ଅଁରା ଗ୍ରାମରେ ପ୍ରତିଷ୍ଠିତ ହୋଇଥିବା ଶ୍ରୀ ମେଟାଲିକ୍ସ କାରଖାନାକୁ ବନ୍ଦ କରିବା ପାଇଁ ଷଡଯନ୍ତ୍ର କରାଯାଉଥିବା ନେଇ ସ୍ଥାନୀୟ ଲୋକ କେନ୍ଦୁଝର ଜିଲ୍ଲାପାଳଙ୍କଠାରେ ମଙ୍ଗଳବାର ଦିନ ଅଭିଯୋଗ କରିଛନ୍ତି । ଏହି କାରଖାନା ଆଦିବାସୀ ଅଧ୍ୟୁଷିତ ଅ ଳରେ ନିଯୁକ୍ତି ସୁଯୋଗ ସୃଷ୍ଟି କରିବା ପାଇଁ ୨୦୧୦ ମସିହାରେ ପ୍ରତିଷ୍ଠା ହୋଇ କାର୍ଯ୍ୟକ୍ଷମ ହୋଇଥିଲା । ଏହାଦ୍ୱାରା କାମ ଆଶାରେ ଜମି ଦେଇଥିବା ଶତାଧିକ ପରିବାର ପ୍ରତ୍ୟକ୍ଷ ଓ ପରୋକ୍ଷ ଭାବେ ଉପର ରାଇଗୋଡା ପ ାୟତ ସମେତ ମଲଦା,ଫୁଲଝରେ,କୁଣ୍ଡି,ଶୁଆକାଟୀ,ବାଂଶପାଳ ଆଦି ପ ାୟତର ବହୁ ବେକାର ଯୁବକ ଉପକୃତ ହୋଇ ଆସୁଥିଲେ । ତେବେ କେତେକ କୁଚକ୍ରୀ ଗୋଷ୍ଠୀଙ୍କ ଚକ୍ରାନ୍ତରେ ୨୦୧୪ ମସିହାରେ କାରଖାନା ବନ୍ଦ ହୋଇଯାଇଥିଲା । ଉକ୍ତ ସମୟରେ ସ୍ଥାନୀୟ ଲୋକେ କାମଧନ୍ଦା ହରାଇ ଆର୍ଥିକ ଦୁର୍ଦ୍ଦଶାର ସମ୍ମୁଖୀନ ହୋଇଥିଲେ । କାରଖାନା ପାଇଁ ଜମି ଦେଇଥିବା ଲୋକମାନେ ବାଧ୍ୟ ହୋଇ ଭିଟାମାଟି ଛାଡି କାମଧନ୍ଦା ପାଇଁ ବାହାରକୁ ପଳାଇବାକୁ ବାଧ୍ୟ ହୋଇଥିଲେ । ପରେ ଜମିହରା ଲୋକଙ୍କ ଅନୁରୋଧ ଓ ଅନୁକୂଳ ପରିବେଶ ସୃଷ୍ଟି ହେବା ପରେ ୨୦୧୭ ରେ ପୁନଃ ସ୍ଥାନୀୟ ଲୋକଙ୍କ ସହଯୋଗରେ କାରଖାନା ଚାଲୁ ହୋଇଥିଲା । ଏବେ କେତେକ ନ୍ୟସ୍ତ ସ୍ୱାର୍ଥବାଦୀ ଲୋକ ନିଜର ଫାଇଦା ପାଇଁ ଗରୀବ ଓ ନିରୀହ ଆଦିବାସୀଙ୍କୁ ପ୍ରଲୋଭିତ କରି କାରଖାନାରେ ବିଶୃଙ୍ଖଳା ସୃଷ୍ଟି କରି ବନ୍ଦ କରିବା ପାଇଁ ଉଦ୍ୟମ ଚଳାଇଛନ୍ତି । ଅନେକ ସମୟରେ ମିଥ୍ୟା ଓ ଭିତ୍ତିହୀନ ଅଭିଯୋଗ କରି କାରଖାନା କର୍ତ୍ତୃପକ୍ଷଙ୍କୁ ବିବାଦ ଘେରକୁ ଟାଣି ନେବାକୁ ଚେଷ୍ଟା କରିବା ସହ ଉତ୍ତେଜନା ପରିସ୍ଥିତି ସୃଷ୍ଟି କରୁଛନ୍ତି । ସେମାନେ ଗରୀବ ଲୋକଙ୍କୁ ପ୍ରଲୋଭିତ କରି କିମ୍ବା ଧମକଚମକ ଦେଇ କାରଖାନାରେ କାମ କରିବାକୁ ବାରଣ କରୁଛନ୍ତି । ସେମାନଙ୍କୁ ହାତବାରିସି କରି ହିଂସାତ୍ମକ ଆନ୍ଦୋଳନ କରିବା ସହ ଅରାଜକତା ସୃଷ୍ଟି କରି ଶ୍ରୀ ମେଟାଲିକ୍ସ ପ୍ଲାଣ୍ଟକୁ ବନ୍ଦ କରିବାକୁ ଉଦ୍ୟମ ଚଳାଇଛନ୍ତି । କାରଖାନା ବନ୍ଦ ହେଲେ ଶହ ଶହ ଜମିହରା ଗ୍ରାମବାସୀ ଏବଂ କାରଖାନା ଉପରେ ନିର୍ଭରଶୀଳ ସ୍ଥାନୀୟ ଅ ଳର ଅଧିବାସୀ ଜୀବନଜୀବିକା ହରାଇବେ ଓ କରୋନା ମହାମାରୀ ସମୟରେ କାମଧନ୍ଦା ହରାଇ ସେମାନଙ୍କର ଆର୍ଥିକ ସ୍ଥିତି ଦୋହଲିଯିବ । ଏଣୁ ଏଥିରେ ଜିଲ୍ଲା ପ୍ରଶାସନ ହସ୍ତକ୍ଷେପ କରି କୁଚକ୍ରୀ ଷଡଯନ୍ତ୍ରକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି କାରଖାନାକୁ ଶାନ୍ତିପୂର୍ଣ୍ଣ ଭାବରେ ପରିଚାଳନା କରିବାକୁ ଅଁରା ଗ୍ରାମବାସୀ ଓ ଶ୍ରୀ ରାଧାକୃଷ୍ଣ ଗ୍ରାମ କମିଟି ତରଫରୁ ଅନୁରୋଧ କରାଯାଇଛି । ଏହାର ଏକକିତା ନକଲ ମୁଖ୍ୟ ଶାସନ ସଚିବଙ୍କୁ ପ୍ରଦାନ କରିବା ସହ କେନ୍ଦୁଝର ଉପଜିଲ୍ଲାପାଳ,ସଦର ଏସ୍‌ଡିପିଓ, ବାଂଶପାଳ ତହସିଲଦାର, ନୟାକୋଟ ଥାନା ଅଧିକାରୀଙ୍କୁ ପ୍ରଦାନ କରିଛନ୍ତି ।

## ଭୁବନ ବିଜେପି ତରଫରୁ ସେବା ସପ୍ତାହ ଉଦଯାପିତ

ଭୁବନ, (ପିଏନ)- ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ୭୦ ତମ ଜନ୍ମଜୟନ୍ତୀ ଅବସରରେ ଭୁବନ ବିଜେପି ତରଫରୁ ଅନୁଷ୍ଠିତ ସେବା ସପ୍ତାହ କାର୍ଯ୍ୟକ୍ରମ ଉଦଯାପିତ ହୋଇଯାଇଛି । ବୃକ୍ଷରୋପଣ,ଦିବ୍ୟାଙ୍ଗଙ୍କୁ ଉପକରଣ ବର୍ଣ୍ଟନ,ଡାକ୍ତରଖାନାରେ ରୋଗୀଙ୍କୁ ଫଳ ବର୍ଣ୍ଟନ,ରକ୍ତଦାନ ଶିବିର ଏବଂ ଅନ୍ତିମ ଦିବସରେ ଗତକାଲି ପ୍ରସିଦ୍ଧ ଶୈବପୀଠ ବାବା ବୁଦ୍ଧେଶ୍ୱରଙ୍କ ମନ୍ଦିର ପରିସରରେ ସ୍ୱଚ୍ଛଭାରତ କାର୍ଯ୍ୟକ୍ରମ କରାଯାଇ ସେବା ସପ୍ତାହ ଉଦଯାପିତ ହୋଇଥିଲା । ଭୁବନ ନଗରମଣ୍ଡଳ ସଭାପତି ଭବାନୀ ଶଙ୍କର ବେହେରା ଙ୍କ ନେତୃତ୍ୱରେ ଆୟୋଜିତ ସମସ୍ତ କାର୍ଯ୍ୟକ୍ରମରେ କାମାକ୍ଷାନଗର ବିଧାୟକ ପ୍ରାର୍ଥୀ ତଥା ବରିଷ୍ଠ ବିଜେପି ନେତା ଶତୃଘ୍ନ ଜେନା ମୁଖ୍ୟ ଅତିଥି ଭାବେ ଯୋଗଦେଇଥିଲେ । ମଣ୍ଡଳ ସାଧାରଣ ସଂପାଦକ ସୁରେନ୍ଦ୍ର କୁମାର ପୃଷ୍ଟି, ଯୁବମୋର୍ଚ୍ଚା ସଭାପତି ନିର୍ମଳ ଗୁରୁ, ପୂର୍ବତନ କାନସିଲର ମାୟାଧର ଗୁରୁ,ପବିତ୍ର ସାହୁ,ଗଣେଶ୍ୱର ନାୟକ,ସୁଶାନ୍ତ ନାୟକ,ସନ୍ତୋଷ ରାଉଳ,ନିରଂଜନ ଗୁରୁ, ମଳୟ ତ୍ରିପାଠୀ,ଜଗବନ୍ଧୁ ଗୁରୁ,ଅଜିତ ସାହୁ,ସଂଜୟ ଗୁରୁ,ନାରୀନେତ୍ରୀ ସରୋଜିନୀ ରଣା,ଅମ୍ବିକା ବେଜ,ସୁକାନ୍ତି ବେହେରା ପ୍ରମୁଖ ଯୋଗଦେଇ କାର୍ଯ୍ୟକ୍ରମକୁ ସଫଳ କରିଥିଲେ । ଅନୁରୂପ ଭାବେ ଭୁବନ ବ୍ଲକର ମହୁଲପାଳ ମଣ୍ଡଳ ସଭାପତି ଚୈତନ୍ୟ ବେହେରା,ମୃଦଙ୍ଗା ସରପଂଚ ଅଶୋକ ଦତ,ମହୁଲପାଳ ସରପଂଚ ମମତା ସାହୁ,ଗଗନ ବିହାରୀ ସାହୁ ଏବଂ ବାରଆଁ ମଣ୍ଡଳ ତରଫରୁ ସଭାପତି ସଂଜୟ ଦାସ ଙ୍କ ନେତୃତ୍ୱରେ ରସାନନ୍ଦ ମହାପାତ୍ର, ଜିଲ୍ଲା ସାଧାରଣ ସଂପାଦକ ପ୍ରେମାନନ୍ଦ ଜେନା ଙ୍କ ସହଯୋଗରେ ସେବା ସପ୍ତାହ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା ।

## ରାଜକନିକା ବ୍ଲକରେ ସରକାରୀ ଅର୍ଥ ଆତ୍ମସାତ୍ ଘଟଣା: କାର୍ଯ୍ୟାନୁଷ୍ଠାନ ଗ୍ରହଣ ପାଇଁ ପ୍ରତିଶୃତି ମିଳିବା ପରେ ଧାରଣା ସ୍ଥଗିତ



କେନ୍ଦ୍ରାପଡ଼ା, (ପି.ଏନ): କେନ୍ଦ୍ରାପଡା ଜିଲ୍ଲାର ରାଜକିନିକା ବ୍ଲକ ଅନ୍ତର୍ଗତ ସିକୋ ଏବଂ କାଟଣାବଣିଆ ଗ୍ରାମପ ାୟତରେ ମିଥ୍ୟା ବିଲ୍ କରି ସରକାରୀ ଅର୍ଥକୁ ଆତ୍ମସାତ୍ କରାଯାଇଥିବା ଘଟଣାରେ ସଂପୃକ୍ତ କନିଷ୍ଠ ଯନ୍ତ୍ରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବି କରି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ସୂଚନା ଅଧିକାର କର୍ମୀ ଦୁଷ୍ମନ୍ତ ନାରାୟଣ ଆଚାର୍ଯ୍ୟ ଦେଇଥିବା ଦିବାରାତ୍ର ଧାରଣାର ଷଷ୍ଠ ଦିବସ ସନ୍ଧ୍ୟାରେ ଜିଲ୍ଲା ପ୍ରଶାସନ ଠାରୁ ପ୍ରତିଶ୍ରୁତି ମିଳିବା ପରେ ଧାରଣାକୁ ବର୍ତ୍ତମାନ ପାଇଁ ସ୍ଥଗିତ ରଖାଯାଇଛି । ସୂଚନା ଅନୁଯାୟୀ ମଙ୍ଗଳବାର ସନ୍ଧ୍ୟାରେ ଜିଲ୍ଲାପାଳଙ୍କ ନିର୍ଦ୍ଦେଶକ୍ରମେ ଜିଲ୍ଲା ପରିଷଦର ସହକାରୀ ପ୍ରକଳ୍ପ ନିର୍ଦ୍ଦେଶକ ଦୟାସିନ୍ଧୁ ପରିଡା ଧାରଣା ସ୍ଥଳରେ ପହଞ୍ଚି ଆସନ୍ତା ୭ଦିନ ମଧ୍ୟରେ ଧାରଣାକାରୀ ଶ୍ରୀ ଆଚାର୍ଯ୍ୟଙ୍କ ଅଭିଯୋଗ ଉପରେ କାର୍ଯ୍ୟାନୁଷ୍ଠାନ

## ରେଳବାଇ ଇଞ୍ଜିନିୟରିଂ କର୍ମଚାରୀ ପୁରସ୍କୃତ

ସମ୍ବଲପୁର,(ପିଏନ)- ସମ୍ବଲପୁର ରେଳ ମଣ୍ଡଳର ଇଞ୍ଜିନିୟରିଂ ବିଭାଗର ସମ୍ବଲପୁର ଠାରେ କାର୍ଯ୍ୟରତ ଟେକ୍‌ନିସିଆନ ଜୟ ପ୍ରକାଶ ଭକ୍ତଙ୍କ କାର୍ଯ୍ୟଦକ୍ଷତା ଓ କାର୍ଯ୍ୟ ପ୍ରତି ଉଲ୍ଲେଖନୀୟ ଯୋଗଦାନ ପାଇଁ ସୁରସ୍କୃତ କରାଯାଇଅଛି । ତାଙ୍କର କର୍ତ୍ତବ୍ୟ ନିଷ୍ଠା ଓ ସମର୍ପଣ ମାନ୍ୟତା ସ୍ୱରୂପ ମଣ୍ଡଳ ରେଳ ପ୍ରବନ୍ଧକ ପ୍ରଦୀପ କୁମାର ପ୍ରମାର ପତ୍ର ସହ ନଗଦ ରାଶି ଦେଇ ସମ୍ମାନିତ କରିଥିଲେ । ଏହି ଅବସରରେ ବରିଷ୍ଠ ମଣ୍ଡଳ ଇଞ୍ଜିନିୟର (ସମନ୍ୱୟ) ଜୟନ୍ତ କୁମାର ଖମାରୀ, ମଣ୍ଡଳ ଇଞ୍ଜିନିୟର (ମଧ୍ୟ) ସରୋଜ କାନ୍ତ ଦାସ ଉପସ୍ଥିତ ଥିଲେ ।

## ଭୁବନ ସିଏଚସିରେ ୬୧ ଜଣଙ୍କର ଆଂଟିଜେନ ଟେଷ୍ଟ ହେଲା

ଭୁବନ, (ପିଏନ)- ଭୁବନ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଗତ ଅଗଷ୍ଟ ୧୧ ତାରିଖ ମଙ୍ଗଳବାର ଠାରୁ ଆଂଟିଜେନ ଟେଷ୍ଟିଂ ଆରମ୍ଭ ହୋଇଥିବା ବେଳେ ଆଜି ସମୁଦାୟ ୬୧ ଜଣ ବ୍ୟକ୍ତି ଟେଷ୍ଟିଂ କରିଥିଲେ । ତେବେ ଆଜି ସୁଦ୍ଧା ୨୩୬୯ ଜଣ ବ୍ୟକ୍ତି ଆଂଟିଜେନ ଟେଷ୍ଟ କରିଥିବା ଜଣାପଡିଛି । ଭୁବନ ଏନଏସିରେ ଦିନକୁ ଦିନ ଥଣ୍ଡା,କାଶ,ଜ୍ୱର ସହିତ କରୋନା ସଂକ୍ରମିତ (ପଜିଟିଭ) ଙ୍କ ସଂଖ୍ୟା ବୃଦ୍ଧି ପାଇ ପାଖାପାଖି ୫ ଶହରେ ପହଁଚିଥିବାରୁ ଲୋକମାନେ ନିଜର ସୁରକ୍ଷା ଓ ସ୍ୱାସ୍ଥ୍ୟରକ୍ଷା ପାଇଁ ଅଧିକ ରୁ ଅଧିକ ସଂଖ୍ୟାରେ ଆଂଟିଜେନ ଟେଷ୍ଟ କରିବାକୁ ଡାକ୍ତରଖାନାରେ ଗହଳି କରୁଥିବା ଦେଖିବାକୁ ମିଳୁଛି ।

## ଗନ୍ଧମାର୍ଦ୍ଦନ ଲୋଡିଂ ଏଜେନ୍ସି ତରଫରୁ ଜେଲ ଅନ୍ତେବାସୀଙ୍କୁ ମାସ୍କ ଏବଂ ହ୍ୟାଣ୍ଡ ଫ୍ରି ସାନିଟାଇଜର ପ୍ରଦାନ

କେନ୍ଦୁଝର,(ପିଏନ): କେନ୍ଦୁଝର ଜିଲ୍ଲା କାରାଗାରରେ ଥିବା ଅନ୍ତେବାସୀଙ୍କ ସୁରକ୍ଷା ଏବଂ କୋଭିଡ-୧୯ ସଂକ୍ରମଣ ରୋକିବା ପାଇଁ ଶୁଆକାଟୀସ୍ଥିତ ଗନ୍ଧମାର୍ଦ୍ଦନ ଲୋଡିଂ ଏଜେନ୍ସି ପକ୍ଷରୁ ମଙ୍ଗଳବାର ଦିନ ୬୦୦ମାସ୍କ,ସାନିଟାଇଜର,୪୦ଟି ହ୍ୟାଣ୍ଡ ଗ୍ଲୋବସ,ହ୍ୟାଣ୍ଡ ଫ୍ରି ସାନିଟାଇଜର,୨୦ଟି ପିପିଇ କିଟ,୬୦୦ ସାବୁନ ଦିଆଯାଇଛି । ଏହି ହ୍ୟାଣ୍ଡ ଫ୍ରି ସାନିଟାଇଜରରେ ହାତ ନଲଗାଇ ପ୍ୟାଡେଲ ମାଧ୍ୟମରେ ଗୋଡରେ ଚାପ ଦେଇ ହାତକୁ ସାନିଟାଇଜ କରାଯାଇପାରିବ । ଜେଲ ଅଧିକ୍ଷକ ଗରିବ ସାହୁ,ଜେଲର ଅମୀୟ ବେହେରା,ଆସିଷ୍ଟା ଜେଲର ମହେଶ୍ୱର କୁଜୁର,କାରା ମଙ୍ଗଳ ଅଧିକାରୀ ପୂଜା ନାୟକ,ୱାର୍ଡର ସ୍ୱାଗତ କୁମାର ରଥଙ୍କ ଉପସ୍ଥିତିରେ ଲୋଡିଂ ଏଜେନ୍ସି ର ସମ୍ପାଦକ ଅଞ୍ଜନ କୁମାର ବେଜ,ପ ାନନ ବାରିକ ଏହି ସାମଗ୍ରୀ ପ୍ରଦାନ କରିଛନ୍ତି । ଲୋଡିଂ ଏଜେନ୍ସି ପକ୍ଷରୁ ଜେଲ ଅନ୍ତେବାସୀଙ୍କୁ ଏହି ସାମଗ୍ରୀ ପ୍ରଦାନ କରାଯାଇଥିବାରୁ ଜେଲ ତରଫରୁ ସାଧୁବାଦ ଜ୍ଞାପନ କରାଯାଇଛି ।

## ଉପଖଣ୍ଡ ଚିକିତ୍ସାଳୟରେ ବ୍ଲଡ ଷ୍ଟୋରେଜ ୟୁନିଟ୍‌କୁ କାର୍ଯ୍ୟକ୍ଷମ ଦାବୀ

ନୂଆପଡା, (ପିଏନ)- ନୂଆପଡା ଜିଲ୍ଲା ଖଡିଆଳ ସ୍ଥିତ ଉପଖଣ୍ଡ ସ୍ୱାସ୍ଥ୍ୟ କେନ୍ଦ୍ରରେ ଗତ ୩ ବର୍ଷ ତଳେ ବ୍ଲଡ ଷ୍ଟୋରେଜ ୟୁନିଟ ଖୋଲାଯାଇଥିଲା । ହେଲେ ଆବଶ୍ୟକ ରକ୍ତ ସଂଗ୍ରହ ହୋଇ ପାରୁନଥିବା ଯୋଗୁଁ ଏହି ୟୁନିଟ ବନ୍ଦ କରି ଦିଆଯାଇଥିବା ଜଣାପଡିଛି । ଫଳରେ ଏହି ୟୁନିଟକୁ ତୁରନ୍ତ କାର୍ଯ୍ୟକ୍ଷମ କରିବାକୁ ସାଧାରଣରେ ଦାବୀ ହେଉଛି । ନୂଆପଡା ଜିଲ୍ଲାର ପ୍ରମୁଖ ଏବଂ ମୁଖ୍ୟସ୍ଥଳୀ ଭାବରେ ଖଡିଆଳ ଜଣାଶୁଣା । ଏଠାରେ ରକ୍ତ ଅଭାବରୁ ଅନେକ ରୋଗୀ ଉପଯୁକ୍ତ ଚିକିତ୍ସା ସେବା ପାଇ ପାରୁନଥିବା ବେଳେ ବ୍ଲଡ ଷ୍ଟୋରେଜ ୟୁନିଟରେ ନିତାନ୍ତ ଆବଶ୍ୟକତା ରହିଛି । ରାଜ୍ୟ ସରକାର ତଥା ଜିଲ୍ଲା ପ୍ରଶାସନ ତରଫରୁ ପ୍ରତିମାସରେ ରକ୍ତଦାନ ଶିବିର ଆୟୋଜନ କରି ଆବଶ୍ୟକ ରକ୍ତ ମହଜୁଦ ରଖିବାକୁ ଇତିପୂର୍ବେ ଖଡିଆଳ ଉପଖଣ୍ଡ ଚିକିତ୍ସାଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ । ତଦନୁରୁପ ଖଡିଆଳ ଉପଖଣ୍ଡ ଚିକିତ୍ସାଧିକାରୀ ରକ୍ତଦାନ ଶିବିର ଆୟୋଜନ ପାଇଁ ବୈଠକ ମଧ୍ୟ କରିଥିଲେ । କିନ୍ତୁ କୌଣସି କାରଣ ନଥାଇ ତାହାକୁ ବିନା କାରଣରେ ବନ୍ଦ କରି ଦିଆଯାଇଛି । ଖଡିଆଳ ସ୍ୱାସ୍ଥ୍ୟ କେନ୍ଦ୍ରକୁ ପ୍ରସୂତୀ ଅସ୍ତ୍ରୋପଚାର କେନ୍ଦ୍ର ରୁପେ ଜିଲ୍ଲା ପ୍ରଶାସନ ସ୍ୱୀକୃତି ଦେଇଥିବା ବେଳେ ଆନୁସାଙ୍ଗିକ ବ୍ୟବସ୍ଥା ନହେବା କାରଣରୁ ଅନେକ ଗର୍ଭବତୀ ମହିଳା ମାନେ ସ୍ୱାସ୍ଥ୍ୟକେନ୍ଦ୍ରରେ ପ୍ରସବ କରିବାକୁ ବିଫଳ ହେଉଛନ୍ତି । ଖଡିଆଳ ସ୍ୱାସ୍ଥ୍ୟକେନ୍ଦ୍ରରେ ଦୈନିକ ଦୈନିକ ୧୦ ରୁ ଉର୍ଦ୍ଧ ମାଁ ପ୍ରସବ କରୁଛନ୍ତି । କିନ୍ତୁ ଅନେକ ମାଁଙ୍କୁ ରକ୍ତ ମିଳୁନଥିବା ଯୋଗୁଁ ଶିଶୁ ଜନ୍ମ ଦେଲା ପରେ ମଧ୍ୟ ନୂଆପଡା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପ୍ରସୂତୀଙ୍କୁ ନେବାକୁ ବାଧ୍ୟ ହେଉଛନ୍ତି । ବ୍ଲଡ ଷ୍ଟୋରେଜ ୟୁନିଟ କାର୍ଯ୍ୟକ୍ଷମ ହେଲେ ଅନେକ ପ୍ରସୂତୀ ମାଁ ସମେତ ଅନ୍ୟାନ୍ୟ ରୋଗୀ ମାନେ ଉପକୃତ ହୋଇପାରନ୍ତେ ବୋଲି ଖଡିଆଳ ବୁଦ୍ଧିଜିବୀ ପ୍ରକାଶ କରିଛନ୍ତି । ଜିଲ୍ଲା ପ୍ରଶାସନ ତୁରନ୍ତ ଦୃଷ୍ଟି ଦେଇ ବ୍ଲଡ ଷ୍ଟୋରେଜ ୟୁନିଟକୁ କାର୍ଯ୍ୟକ୍ଷମ କରିବାକୁ ସାଧାରଣରେ ଦାବୀ ହେଉଛି ।

## ୩୦ ବର୍ଷର ଫଳପୁରର ଜଙ୍ଗଲ ଜମି ଏବେ ବ୍ୟକ୍ତିଗତଙ୍କ ନାଁରେ : ଆନ୍ଦୋଳନ ପାଇଁ ୫ ପଂଚାୟତବାସୀ ଏକଜୁଟ

ଭଦ୍ରକ, (ପିଏନ)- ଭଦ୍ରକ ଜିଲା ଧାମନଗର ତହସିଲ ଅଧିନରେ ଥିବା ବିଭିନ୍ନ ଗୋଚର, ଅନାବାଦୀ ଓ ଜଙ୍ଗଲ ଜମିକୁ କେତେକ ଜମି ଦଲାରୀ ଚଂଚକତା କରି ନିଜ ନାମରେ କରି ନେଇଥିବା ଅଭିଯୋଗ ହୋଇଛି । ଏପରିକି ଉକ୍ତ ଜମିରେ ସଂପୃକ୍ତ ଦଲାରୀମାନେ ପକ୍କାଘର ସହିତ ଜବରଦଖଲ କରିବାରେ ସକ୍ଷମ ହୋଇଛନ୍ତି । ଏନେଇ ବିଭିନ୍ନ ମହଲରୁ ବାରମ୍ବାର ଅଭିଯୋଗ ସତ୍ୱେ ବି ସେମାନଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ହେଉନଥିବା ଅଭିଯୋଗ ହୋଇଛି । ଏହାକୁ ନେଇ ଅଂଚଳବାସୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି । ପ୍ରକାଶ ଥାଉକି ଧାମନଗର ତହସିଲ ଅନ୍ତର୍ଗତ ଭଟସାହି ପଂଚାୟତ ଫଳପୁର ମୌଜାର ତଫସିଲ ଗ୍ରାମ୍ୟ ଜଙ୍ଗଲ ବୃତିକୁ ଚଂଚକତା କରି ଧୁଷୁରୀ ଅଂଚଳର ଜନୈକ ବ୍ୟକ୍ତି ନିଜ ନାମରେ ପଟ୍ଟା କରିନେଇଥିବା ଜଣାଯାଇଛି । ଅଭିଯୋଗରୁ ଜଣାଯାଇଛି ଯେ, ଜମିଦାରୀ ସମୟରେ ସୁଶିଳାବାଳା ଦାସୀ ନାମରେ ଉକ୍ତ ତଫସିଲ ରେକର୍ଡ ଦରଜ ଥିଲା । ସାବକରେ ଏହାର ଖାତା ନଂ-୧୩୫ ଅବଂ ପ୍ଲଟ ନଂ-୧୫୬୦ ଓ ୧୫୬୧, ରକବା ୨ଏକର ୧୧ ଡିସିମିଲ ଥିଲା । ତତ୍‌ପରେ ଉକ୍ତ ତଫସିଲ ହାଲ ବନ୍ଦୋବସ୍ତରେ ରାଧାକାନ୍ତ ବୋଷ ପିତା-ରାମକୃଷ୍ଣ ବୋଷ, ବାସସ୍ଥାନ-କୋଠାରରେ ରେକର୍ଡ ଦରଜ ଥାଇ ପୁନର୍ବାର ରାଧାକାନ୍ତ ବୋଷଙ୍କ ଦୁଇ କନ୍ୟା ରାଜେଶ୍ୱରୀ ଦେ ଓ ତନୁଶ୍ରୀ ମିତ୍ରଙ୍କ ନାମରେ ରେକର୍ଡ ହୋଇଥିଲେ ହେଁ ପ୍ରକୃତପକ୍ଷେ ସେମାନେ କେହିଁ ଏହି ଜଙ୍ଗଲ ଜମିରେ ଦଖଲଦାରୀ ନଥିଲେ । ପରବର୍ତୀ ସମୟରେ ଧୁଷୁରୀ ଅଂଚଳର ଜନୈକ ବ୍ୟକ୍ତି ସେମାନଙ୍କ ଠାରୁ ଚଂଚକତା କରି ଉକ୍ତ ଜଙ୍ଗଲ ଜମିକୁ ନିଜ ନାମରେ କରି ପଟ୍ଟା ପାଇବାରେ ସକ୍ଷମ ହୋଇଛନ୍ତି । ଏହି ଚଂଚକତା ଘଟଣା ଜଣାପଡିବା ପରେ ଆଖପାଖ ଅଂଚଳର ଭଟସାହି ସମେତ ନଦୀଗାଁ, ଦଳାଙ୍ଗ, ଅର୍ଜୁନପୁର ଓ ବୟାଙ୍ଗଡିହ ଆଦି ପଂଚାୟତର ଶହଶହ ଜନସାଧାରଣଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି । ଉକ୍ତ ଗ୍ରାମ୍ୟ ଜଙ୍ଗଲରେ ପାରିପାର୍ଶ୍ୱରେ ଅରଳେଶ୍ୱର ମହାଦେବ ମନ୍ଦିର, ଶନିଦେବଙ୍କ ମନ୍ଦିର, କଣ୍ଡିଆଶୁଣି ଏବଂ ପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ଅସ୍ଥାନ ରହିଛି । ମଧ୍ୟଭାଗରେ ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡକ ରାସ୍ତା ଏବଂ ଜଙ୍ଗଲର ଚତୁଃପାର୍ଶ୍ୱରେ କଣ୍ଡିଆ ଓ ଗେଙ୍ଗୁଟି ନଦୀ ଥିବାରୁ ପରିବେଷକୁ ସୁନ୍ଦର କରିଛି । ଏନେଇ ଉକ୍ତ ୫ଟି ପଂଚାୟତର ଶତାଧିକ ଜନସାଧାରଣ ଏହି ଗ୍ରାମ୍ୟ ଜଙ୍ଗଲ ପରିସରରେ ଥିବା କଣ୍ଡିଆଶୁଣୀ ପୀଠରେ ଏକତ୍ରିତ ହୋଇ ପରବର୍ତୀ କାର୍ଯ୍ୟପନ୍ଥା ନିମନ୍ତେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ୩୦ ବର୍ଷ ଧରି ସରକାରଙ୍କ ଏହି ସ୍ଥାନ ଗ୍ରାମ୍ୟ ଜଙ୍ଗଲର ମାନ୍ୟତା ପାଇଥିଲା ବେଳେ କିପରି ଭାବେ ଏହି ଜମିକୁ ସଂପୃକ୍ତ ବ୍ୟକ୍ତିଙ୍କ ନାମରେ ରେକର୍ଡଭୁକ୍ତ କରାଗଲା । ଏହି ର୍‍ୟାକେଡ ପଛରେ କେଉଁ ସରକାରୀ ଅଧିକାରୀଙ୍କ ହାତ ଅଛି ତାହାକୁ ତୁରନ୍ତ ବାହାର କରିବା ସହିତ ଜଙ୍ଗଲ ଜମିକୁ ସୁରକ୍ଷା ଦେବା ପାଇଁ ଏକ ପ୍ରତିନିଧି ଦଳ ଆଗାମୀ ଦିନରେ ଭଦ୍ରକ ଜିଲାପାଳଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିବାକୁ ସ୍ଥିର କରାଯାଇଛି । ଏଥିସହ ଧାମନଗର ତହସିଲଦାରଙ୍କ ସମେତ ମୁଖ୍ୟମନ୍ତ୍ରୀ, ଆରଡିସି, ରାଜସ୍ୱ ଓ ଜଙ୍ଗଲ ବିଭାଗର ମନ୍ତ୍ରୀ, ସାଂସଦ, ସ୍ଥାନୀୟ ବିଧାୟକ ଓ ପଂଚାୟତ ସମିତି ଅଧ୍ୟକ୍ଷଙ୍କୁ ଏକ ଲିଖିତ ଅଭିଯୋଗ ପତ୍ର ପ୍ରଦାନ କରାଯିବା ପାଇଁ ନିଷ୍ପତି ହୋଇଛି । ଏହି ବୈଠକରେ ସମାଜସେବୀ ମଧୁସୂଦନ ମହାନ୍ତିଙ୍କ ସଭାପତିତ୍ୱରେ ନାରାୟଣ ଚନ୍ଦ୍ର ନାୟ, ସଂଜୟ କୁମାର ମହାପାତ୍ର, ଉମେଶ ଚନ୍ଦ୍ର ମହାନ୍ତି, ସମିତିସଭ୍ୟ ବିରଜା ପ୍ରସନ୍ନ ରାଉତ, ବିଶ୍ୱଜିତ ପତି, ସଂଜିବ କୁମାର ସାହୁ, ଦୁଃଶାସନ ପଣ୍ଡା, ପ୍ରମୋଦ କୁମାର ମହାନ୍ତି, ମନୋଜ କୁମାର ମହାନ୍ତି, ଗୋଲେଖ ଚନ୍ଦ୍ର ମହାନ୍ତି, ହରେକୃଷ୍ଣ ମହାଲିକ, ଆନନ୍ଦଚନ୍ଦ୍ର ମହାପାତ୍ର, ବାବାଜୀ ଚରଣ ନାୟକ, ପ୍ରଦୀପ ମହାପାତ୍ର, ସନ୍ଦିପ ମହାନ୍ତି, ଜନ୍ମଜୟ ପତି, ବୁଲୁ ପଣ୍ଡା, ଉପେନ୍ଦ୍ର ମହାପାତ୍ର, ରାମଚନ୍ଦ୍ର ସାହୁ, ପ୍ରଦୀପ ନାୟକ, ଦିପ୍ତି ମହାପାତ୍ର, କ୍ଷେତ୍ରବାସୀ ବାରିକ, ହରେକୃଷ୍ଣ ପ୍ରଧାନ, ପ୍ରତାପ ଜେନାଙ୍କ ସମେତ ଶତାଧିକ ଜନସାଧାରଣ ଉପସ୍ଥିତ ରହି ଆଲୋଚନାରେ ଅଂଶ ଗ୍ରହଣ କରିଥିଲେ । ଉପରୋକ୍ତ କାର୍ଯ୍ୟକୁ ପରିଚାଳନା ପାଇଁ ଏକ କମିଟି ଗଠନ କରାଯାଇଛି ।

୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

ଖେଳ

# ପର୍ଯ୍ୟବେକ୍ଷକ

Bhubaneswar Wednesday September 04 2024 ଭୁବନେଶ୍ୱର ବୁଧବାର, ସେପ୍ଟେମ୍ବର ୦୪,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com



## ଆମ ସଂସ୍କୃତି ପ୍ରତିଯୋଗିତା ପୁରସ୍କାର ବିତରଣ ଉତ୍ସବ





ଭୁବନେଶ୍ୱର,(ପି.ଏନ): ସ୍ଥାନୀୟ ସତ୍ୟାନନ୍ଦ ଯୋଗ ବିଦ୍ୟାଳୟରେ ଶ୍ରୀମତୀ ଗୀତ ତ୍ରିପାଠୀ ଓ ତ୍ରିଦିବ ତ୍ରିପାଠୀଙ୍କ ପ୍ରଚେଷ୍ଟା ଓ ତ ୍ୱାବଧାନରେ ପ୍ରାଚୀନ ଭାରତୀୟ ସଂସ୍କୃତିର ସଚେତନା ଓ ପୁନଃଜାଗରଣ ପାଇଁ ଆମ ସଂସ୍କୃତି କୁଇଜ୍ ଓ ଯୋଗ ପ୍ରତିଯୋଗିତା ରାଜଧାନୀର ବିଭିନ୍ନ ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କୁ ନେଇ ଅନୁଷ୍ଠିତ ହୋଇଥିଲା। ଏଥିରେ କୃତିତ୍ୱ ଅର୍ଜନ କରିଥିବା ପ୍ରତିଯୋଗୀମାନଙ୍କ ପାଇଁ ବିଦ୍ୟାଳୟ ପରିସରରେ ପୁରସ୍କାର ବିତରଣ ଉତ୍ସବ ଅନୁଷ୍ଠିତ ହୋଇ ଯାଇଛି। ଏହି ଅବସରରେ ବିଦ୍ୟାଳୟର ନିର୍ଦ୍ଦେଶକ ସ୍ୱାମୀ ସ୍ୱରୂପାନନ୍ଦ ସରସ୍ୱତୀ ଉପସ୍ଥିତ ଛାତ୍ରଛାତ୍ରୀମାନଙ୍କୁ ଯୋଗ କିପରି ଜୀବନକୁ ସୁସ୍ଥ ଓ ସୁନ୍ଦର କରିପାରେ ତା ଉପରେ ଆଲୋକପାତ କରିଥିଲେ। ବିଦ୍ୟାଳୟର ସଭାପତି ଶ୍ରୀମତୀ ସୁଦ ପଟ୍ଟନାୟକ ଭାରତୀୟ ସଂସ୍କୃତିର ପ୍ରାଚୀନତା ଓ ବୈଶିଷ୍ଟ୍ୟ ନୈତିକ ମୂଲ୍ୟବୋଧ ଉପରେ ଆଧାରିତ ଏବଂ ଏହାକୁ ସୁରକ୍ଷିତ ରଖିବା ଉଚିତ ବୋଲି କହିଥିଲେ। ଶ୍ରୀଯୁକ୍ତ ସଞ୍ଜୟ ନନ୍ଦ ଛାତ୍ରଛାତ୍ରୀମାନଙ୍କ ସହିତ ଯୌଗିକ ଜୀବନ ଶୈଳୀ ଓ ପ୍ରାଚୀନ ଭାରତୀୟ ସଂସ୍କୃତିର ଜ୍ଞାନର ଉପାଦେୟତା ବିଷୟରେ ଆଲୋଚନା କରିଥିଲେ। ଆଧୁନିକତାର ସ୍ୱର୍ଶରେ ହଜିଆସୁଥିବା ପ୍ରାଚୀନ ଭାରତୀୟ ଜ୍ଞାନ ପ୍ରତି ଉତ୍ସାହ ଓ ଆଗ୍ରହ ସୃଷ୍ଟି କରିବା ଉଦ୍ଦେଶ୍ୟରେ ଉକ୍ତ ପ୍ରତିଯୋଗିତା ଜୁଲାଇ ମାସଠାରୁ ଶ୍ରୀମତୀ ଗୀତା ତ୍ରିପାଠୀଙ୍କ ପ୍ରତ୍ୟକ୍ଷ ତ ୍ୱାବଧାନରେ ରାଜଧାନୀର ୩୫ଟି ବିଦ୍ୟାଳୟର ଛାତ୍ରଛାତ୍ରୀମାନଙ୍କୁ ନେଇ ଅନୁଷ୍ଠିତ ହୋଇଥିଲା। ସେମାନଙ୍କ ମଧ୍ୟରୁ ସମୁଦାୟ ୪୬ ଜଣ ପୁରସ୍କୃତ ହୋଇଛନ୍ତି। ବରିଷ୍ଠ ବର୍ଗ କୁଇଜରେ ୟୁନିଟ-୧ ସରକାରୀ ଉଚ୍ଚ ବିଦ୍ୟାଳୟର ବିଶ୍ୱଜିତ ନାୟକ, ମଦର୍ସ ପବ୍ଲିକ ସ୍କୁଲ ୟୁନିଟ-୧ର ଆରୋହନ ମହାପାତ୍ର ଓ ମଦର୍ସ ପବ୍ଲିକ ସ୍କୁଲ ଖଣ୍ଡଗିରିର ତନ୍ମୟ ତଥାଗତ ମିଳିତ ଭାବରେ ପ୍ରଥମ ପୁରସ୍କାର ଓ ଯୋଗରେ ବିଜେଇଏମ ସ୍କୁଲର ଅଦିତି ଐଶ୍ୱର୍ଯ୍ୟା ସେଠ୍ ପ୍ରଥମ ପୁରସ୍କାର ଲାଭ କରିଥିଲେ। କନିଷ୍ଠ ବର୍ଗରେ ମଦର୍ସ ପବ୍ଲିକ ସ୍କୁଲ ୟୁନିଟ-୧ର ଅନ୍ୱେଷା ମିଶ୍ର ଓ ଯୋଗରେ କେନ୍ଦ୍ରୀୟ ବିଦ୍ୟାଳୟ ନଂ ୧ର ମିରା ଜାସ୍ମିନ୍ ପ୍ରଥମ ସ୍ଥାନ ଅଧିକାର କରିଥିଲେ। ଆଗାମୀ ବର୍ଷମାନଙ୍କରେ ଅଧିକରୁ ଅଧିକ ଛାତ୍ରଛାତ୍ରୀମାନଙ୍କୁ ଆମ ସଂସ୍କୃତି କାର୍ଯ୍ୟକ୍ରମରେ ସାମିଲ କରିବା ଲକ୍ଷ ବୋଲି ତ୍ରିପାଠୀ ଦମ୍ପତି ପ୍ରକାଶ କରିଛନ୍ତି।

## ୧୫ ତମ ଜାତୀୟ ଥାଇ ବକ୍ସିଂ ଚାମ୍ପିଅନ ସିପରେ ଓଡ଼ିଶା ଦ୍ୱିତୀୟ ସ୍ଥାନ ଅଧିକାର କରିଛି




ବାଲିଅନ୍ତା,(ପି.ଏନ): ଅଗଷ୍ଟ ମାସ ୩୦ ତାରିଖରୁ ଆରମ୍ଭ ହୋଇ ସେପ୍ଟେମ୍ବର ୧ ତାରିଖ ପର୍ଯ୍ୟନ୍ତ ମହାରାଷ୍ଟ୍ରର ଲାତୁର୍ ଇଣ୍ଡୋର୍ ଇଣ୍ଡୁର ଷ୍ଟାଡିୟମରେ ଅନୁଷ୍ଠିତ ୧୫ ତମ ଜାତୀୟ ଥାଇ ବକ୍ସିଂ ଚାମ୍ପିଅନସିପ ୨୦୨୪ ଅନୁଷ୍ଠିତ ହୋଇଯାଇଛି । ଏଥିରେ ଓଡ଼ିଶା ଦ୍ୱିତୀୟ ସ୍ଥାନ ଅଧିକାର କରିଛି । ଏଥିରେ ଦେଶର ବିଭିନ୍ନ ରାଜ୍ୟରୁ ଅଂଶଗ୍ରହଣ କରିଥିବା ପ୍ରତିଯୋଗୀମାନଙ୍କ ମଧ୍ୟରୁ ମହାରାଷ୍ଟ୍ର ପ୍ରଥମ ସ୍ଥାନ ଅଧିକାର କରିଥିବା ବେଳେ ଯଥାକ୍ରମେ ଓଡ଼ିଶା ଦ୍ୱିତୀୟ ସ୍ଥାନ, ଜମ୍ମୁ କାଶ୍ମୀରୀ ତୃତୀୟ ସ୍ଥାନ ଓ ମଧ୍ୟପ୍ରଦେଶ ଚତୁର୍ଥ ସ୍ଥାନ ଅଧିକାର କରିଛନ୍ତି । ଏଥି ମଧ୍ୟରୁ ଓଡ଼ିଶାକୁ ୧୫ ଟି ସ୍ୱର୍ଣ୍ଣ, ୧୦ଟି ରୌପ୍ୟ ଓ ୧୦ଟି କାଂସ୍ୟ ପଦକ ମିଳିଛି । ଓଡ଼ିଶା ଥାଇ ବକ୍ସିଂ ସଂଘର ସଭାପତି ସ୍ୱପନେନ୍ଦୁ ସାମନ୍ତରାୟ, ମହାସଚିବ ଶୁଭେନ୍ଦୁ ସାମନ୍ତରାୟ, ଅଫିସିଆଲ୍ ସୁଧାଂଶୁ ପଣ୍ଡା, ପ୍ରଶିକ୍ଷଣ ଉମାକାନ୍ତ ବେହେରା, ବାଲାଜୀ ଘଡାଇ ଓ ପରିଚାଳକ ପ୍ରଭାତ କୁମାର ପଟ୍ଟନାୟକ ଓ ପ୍ରକୃତି ବନ୍ଧୁ ଦୀନବନ୍ଧୁ ଭୋଇ ପ୍ରତିଯୋଗୀ ମାନଙ୍କୁ ଶୁଭେଚ୍ଛା ଜଣାଇଛନ୍ତି । ଏଥି ସହ ଜାତୀୟ ଥାଇ ବକ୍ସିଂ ସଂଘର ସଭାପତି କୂଳ ଦୀପ ସୁମଂସ୍କାର ବିଜେତାମାନଙ୍କୁ ପ୍ରୋତ୍ସାହିତ କରିଥିଲେ । ବାଲିଅନ୍ତା ଅଞ୍ଚଳରୁ ୧୨ ଜଣ ପ୍ରତିଯୋଗୀ ଏହି ପ୍ରତିଯୋଗିତାରେ ଅଂଶଗ୍ରହଣ କରି ୧୨ଟି ପଦକ ହାସଲ କରିଛନ୍ତି। ସେଥିମଧ୍ୟରୁ ରେଶ୍ମା ଦାସ ସ୍ୱର୍ଣ୍ଣ, ରୌପ୍ୟ ପଦକ ଲୀମ ପ୍ରଧାନ, ଦୁର୍ବାସା ଦିବ୍ୟଶ୍ରୀ, ଲଭିଲି ପିଲେଇ, ଜଗନ୍ ମହାକୁଡ,ସାଇ ଶକ୍ତି ଜେନା, ପାଇଥିବା ବେଳେ କାଂସ୍ୟ ପଦକ ଶ୍ରୀ କୁମାର ଅଭିଷେକ ଭୋଇ , ସାଇ ସାର୍ଥକ ଜେନା, ଦିବ୍ୟାଂଶ ମହାନ୍ତି, ଦିବ୍ୟାଂଶୁ ନାୟକ, ଜିତେନ୍ଦ୍ର ଗୌଡ ଓ ଗାୟତ୍ରୀ ଗୌଡ ପଦକ ହାସଲ କରି ଅଞ୍ଚଳ ପାଇଁ ସୁନାମ ଅର୍ଜ୍ଜନ କରିଛନ୍ତି।

## ବିଧାୟକଙ୍କ ହସ୍ତକ୍ଷେପ ପରେ ଆରମ୍ଭ ହେଲା ନଦୀବନ୍ଧ ଉନ୍ନତିକରଣ କାର୍ଯ୍ୟ



ଫୁଲନଖରା,(ପି.ଏନ):ସଦର ବିଧାୟକ , ନୂଆଗଡ଼ ଗ୍ରାମବାସୀ ଓ ଠିକାଦାରଙ୍କ ମିଳିତ ଆଲୋଚନା ଏବଂ ବିଧାୟକଙ୍କ ନଦୀବନ୍ଧ ପରିଦର୍ଶନ ପରେ କୂଆଖାଇ ନଦୀବନ୍ଧ କାଚରାମାଳ ଠାରୁ ନୂଆଗଡ଼ ପର୍ଯ୍ୟନ୍ତ ବନ୍ଦ ହୋଇଥିବା ଉନ୍ନତିକରଣ କାର୍ଯ୍ୟ ହେବା ପାଇଁ ନିଷ୍ପତି ହୋଇଛି । କୂଆଖାଇ ନଦୀର ନହରାକଣ୍ଟାଠାରୁ ନୂଆଗଡ଼ ,ଭାୟା-କାଚରାମାଳ ୭ କି.ମି ନଦୀବନ୍ଧ ଉନ୍ନତିକରଣ ଭୁବନେଶ୍ୱର ରାସ୍ତା ଓ କୋଠାବାଡ଼ି ବିଭାଜନ-୪ ଦ୍ୱାରା ୧୧ କୋଟି ୫୯ ଲକ୍ଷ ଟଙ୍କା ବ୍ୟୟରେ କାର୍ଯ୍ୟ କରାଯାଉଥିଲାବେଳେ କାଚରାମାଳ ଓ ନୂଆଗଡ଼ ଅଂଶରେ ଠିକାଦାରଙ୍କ କାମକୁ ନାପସନ୍ଦ କରି ଗ୍ରାମବାସୀ ମାନେ କାମ ବନ୍ଦ କରି ବିଧାୟକ ଇଂ.ପ୍ରକାଶ ଚନ୍ଦ୍ର ସେଠୀଙ୍କ ନିକଟରେ ଅଭିଯୋଗ କରିଥିଲେ ।ବିଧାୟକ ଆସି ଦୁଇ ମାସ ତଳେ ନଦୀବନ୍ଧ କାମ ଦେଖି ଉନ୍ନତିକରଣ କାର୍ଯ୍ୟକୁ ବନ୍ଦ କରି ଯାଇଥିଲେ । ଆଜି ବିଧାୟକ ,ନୂଆଗଡ଼ ଗ୍ରାମବାସୀ,ଗ୍ରାମ୍ୟ କମିଟି ସଦସ୍ୟ ,ଅଞ୍ଚଳର ମୁରବି ଓ ଠିକାଦାର ନଦୀବନ୍ଧ ପରଦର୍ଶନ କଲାପରେ ନିଷ୍ପତି ହେଲା ଯେ ଠିକାଦାର ପୁରୁଣା ନଦୀବନ୍ଧର ଉପର ଅଂଶକୁ ସୁଦୃଢ଼ କରି ଲେବଲିଙ୍ଗ କରିବା ସହ ଏଷ୍ଟିମେଣ୍ଟ ଅନୁସାରେ ଉନ୍ନତିକରଣ କାର୍ଯ୍ୟ କରିବେ । ଆଜିର ଏହି ଆଲୋଚନାରେ ନୂଆଗଡ଼ ଗ୍ରାମବାସୀ ,ଗ୍ରାମ୍ୟ କମିଟି କର୍ମକର୍ତ୍ତା ଓ ସଦସ୍ୟ ଏବଂ ଅଞ୍ଚଳର ମୁରବିମାନେ ଉପସ୍ଥିତ ଥିଲେ ।

## ନୂତନ ଜିଲ୍ଲାପାଳଙ୍କ ସହ ପ୍ରେସ କ୍ଲବ ପ୍ରତିନିଧିଙ୍କ ଆଲୋଚନା



ଧାମନଗର,(ପି.ଏନ): ଧାମନଗର ପ୍ରେସ କ୍ଲବ ଜିଲ୍ଲାର ଏକ ପୁରାତନ ସାମ୍ବାଦିକ ସଙ୍ଗଠନ। ଦୀର୍ଘଦିନ ହେବ ଏହାର ନିଜସ୍ୱ ଜାଗା ଏବଂ ଗୃହ ନଥିବାରୁ ବିଭିନ୍ନ ସମୟରେ ଦାୟିତ୍ୱରେ ଥିବା କର୍ମକର୍ତ୍ତା ମାନେ ସରକାରଙ୍କ ଠାରେ ଦାବି କରି ଆସୁଛନ୍ତି। ବିଗତ ଦୁଇ ବର୍ଷ ହେବ ଧାମନଗର ବିଜ୍ଞାପିତ ଅଞ୍ଚଳ ପରିଷଦ ପକ୍ଷରୁ ମିଳିଥିବା ଏକ ଗୃହରେ ପ୍ରେସ କ୍ଲବ କର୍ଯ୍ୟାଳୟ ଚାଲିଛି। ମାତ୍ର ଏବେର ଦାୟିତ୍ୱ ନେଇଥିବା କର୍ମକର୍ତ୍ତା ମାନେ ସ୍ଥାୟୀ ଜାଗା ଓ ଗୃହ ପାଇଁ ବରାବର ଉଦ୍ୟମ ଜାରି ରଖିଛନ୍ତି। ବିଗତ କଛି ମାସ ତଳେ ଆଗତ ହୋଇଥିବା ଏହି ସମସ୍ୟା ନିରାକରଣ ସଂପର୍କରେ ଏବେର କର୍ମକର୍ତ୍ତା ମାନେ ଉଦ୍ୟମ ଜାରି ରଖିଛନ୍ତି ।ଏହି ପରିପ୍ରେକ୍ଷୀରେ କ୍ଲବର ଗତ ୩୧ ତାରିଖ ସଧାରଣ ପରିଷଦ ବୈଠକରେ ବିଷଦ ଆଲୋଚନା ପରେ ସଭାପତି ଓ ସମ୍ପାଦକ ଭୁବନେଶ୍ୱର ଯାଇ ସ୍ଥାନୀୟ ବିଧାୟକ ତଥା ଉଚ୍ଚଶିକ୍ଷା ମନ୍ତ୍ରୀଙ୍କ ସହ ସାକ୍ଷାତ କରି ପ୍ରେସ କ୍ଲବର ବିଭିନ୍ନ ସମସ୍ୟା ଯଥା ସ୍ଥାୟୀ ଜାଗା ଓ କାର୍ଯ୍ୟାଳୟ ଗୃହ ଇତ୍ୟାଦି ସଂପର୍କରେ ଆଲୋଚନା କରିଥିଲେ। ମନ୍ତ୍ରୀଙ୍କ ପରାମର୍ଶ କ୍ରମେ ଆଜି ପ୍ରେସ କ୍ଲବର ଏକ ପ୍ରତନିଧି ମଣ୍ଡଳ ଭଦ୍ରକ ଜିଲ୍ଲାପାଳ ଦିଲ୍ଲୀପ ରାଉତରାଏଙ୍କୁ ଭେଟି ସ୍ଥାୟୀ ଗୃହ ପାଇଁ ଜମି ଓ କ୍ଲବର ବିଭିନ୍ନ ସମସ୍ୟା ଓ ତାର ସମାଧାନ ସଂପର୍କରେ ଆଲୋଚନା କରିଥିଲେ। ଧାମନଗର ପ୍ରେସ କ୍ଲବର ସଭାପତି ବୈକୁଣ୍ଠନାଥ ସାହୁ ଓ ସାଧାରଣ ସମ୍ପାଦକ ରଜତ କୁମାର ପଣ୍ଡାଙ୍କ ନେତୃତ୍ୱରେ ସାମ୍ବାଦିକ ସୁଧାକର ଦାଶ,ସେକ ଜାଫର ଅଲ୍ଲୀ,ସୁଶାନ୍ତ କୁମାର ରାଉତ,ବିବେକାନନ୍ଦ ପଣ୍ଡା,ବିଜୟ କୁମାର ରାମ,ସରୋଜ କୁମାର ସେଠୀ,ପ୍ରଶାନ୍ତ କୁମାର ଦ୍ୱିବେଦୀ,ବିବେକାନନ୍ଦ ସାମଲ ପ୍ରମୁଖ ଏହି ସାକ୍ଷାତ ଆଲୋଚନା କାର୍ଯ୍ୟକ୍ରମରେ ଯୋଗଦେଇ ଥିଲେ।

## ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା ଙ୍କ ମା ମଙ୍ଗଳା ମନ୍ଦିର ପରିଦର୍ଶନ

କାକଟପୁର ,(ପି.ଏନ): ଆଜି ପର୍ଯ୍ୟଟନ ମନ୍ତ୍ରୀ ତଥା ରାଜ୍ୟର ଉପ ମୁଖ୍ୟମନ୍ତ୍ରୀ ଙ୍କ ମଙ୍ଗଳା ମନ୍ଦିର ରେ ସନ୍ଧ୍ୟା ୫ ଘଟିକାରେ ପହଂଚିବା ପରେ ମନ୍ଦିର ଟ୍ରଷ୍ଟି ତଥା ତହସିଲଦାର ଅଙ୍କିତା ଅନନ୍ଦିତା, କାର୍ଯ୍ୟ ନିର୍ବାହୀ ଅଧିକାରୀ କୈଳାଶ ଚନ୍ଦ୍ର ଦାସ, କାକଟପୁର ଥାନା ଆଇ ଆଇ ସି ବିଜୟ କେତନ ବେହେରା, ପ୍ରମୋଦ କୁମାର ସେଠୀ, ସେବକ ସମିତି ସଭାପତି ମନୋରଞ୍ଜନ ପଣ୍ଡା, ତାପସ କୁମାର ଦୀକ୍ଷିତ, ପ୍ରଭାତ କୁମାର ଦୀକ୍ଷିତ, ଅଶୋକ କୁମାର ଦୀକ୍ଷିତ,ତପନ କୁମାର ଦୀକ୍ଷିତ, ତୁଷାର ଦୀକ୍ଷିତ ପ୍ରମୁଖ ମନ୍ଦିର ଭିତରକୁ ପାଛୋଟି ନେବା ସହିତ ମାଙ୍କ ଦର୍ଶନ କରାଇଥିଲେ । ମା ଙ୍କ ଦର୍ଶନ କରିବା ପରେ ପାଳିଆ ସେବାୟତ ହରିହର ଦୀକ୍ଷିତ ଶ୍ରୀମତୀ ପରିଡା ଙ୍କ ପୂଜାର୍ଚ୍ଚନା କରିବା ପରେ ପାର୍ଶ୍ୱ ଦେବା ଦେବୀଙ୍କୁ ଦର୍ଶନ କରି ଟ୍ରଷ୍ଟ ବୋର୍ଡ ଅଫିସ କୁ ଯାଇ ମନ୍ଦିରର ଉର୍ନତି ମୂଳକ କାର୍ଯ୍ୟ ଉପରେ ସମୀକ୍ଷା କରି ପଦାଧିକାରୀ ମାନଙ୍କୁ କାର୍ଯ୍ୟ ତ୍ୱରାନିତ କରିବାକୁ ପରାମର୍ଶ ଦେଇଥିଲେ, ଏହି କାର୍ଯ୍ୟକ୍ରମ ରେ ଭାରତୀୟ ଜନତା ପାର୍ଟି ତରଫରୁ ପୂର୍ବତନ ବିଧାୟକ ସୁରେନ୍ଦ୍ର ସେଠୀ,ବ୍ଲକ ଅଧକ୍ଷ ଶ୍ରୀଧର ନାୟକ ସମେତ ବହୁ ବିଜେପି କର୍ମୀ ମାନେ ଯୋଗ ଦେଇଥିଲେ।

## ଥର୍ମାଲ ହାଟ କୁ ନ ଉଠାଇବା ପାଇଁ ଦାବୀ କଲେ ସନ୍ଥପଡା ସରପଞ୍ଚ



ତାଳଚେର ,(ପି.ଏନ): ତାଳଚେର ଥର୍ମାଲ ଠାରେ ସପ୍ତାହ ରେ ଦୁଇଦିନ ପ୍ରତି ସୋମବାର ଓ ଗୁରୁବାର ହାଟ ବସିଥାଏ ।ଦୀର୍ଘ ୫୦ ବର୍ଷରୁ ଉର୍ଦ୍ଧ ସମୟ ଧରି ଉକ୍ତ ସ୍ଥାନରେ ହାଟ ହୋଇ ଆସୁଅଛି ।ତାଳଚେର, ପରଜଙ୍ଗ ଓ ବନରପାଳ ବ୍ଲକ ର ବ୍ୟବସାୟୀ ଓ ଜନସାଧାରଣ ଏହା ଉପରେ ନିର୍ଭରଶୀଳ ।ଜାତୀୟ ରାଜପଥ ୧୪୯ ନିକଟବର୍ତ୍ତୀ ଅଂଚଳରେ ଉକ୍ତ ହାଟ ଟି ହେଉଥିବାରୁ ଗମନା ଗମନ ଠାରୁ ଆରମ୍ଭ କରି ସବୁ କ୍ଷେତ୍ରରେ ଜନସାଧାରଣ ବିଶେଷ ଭାବେ ଉପକୃତ ହୋଇଥାନ୍ତି ।କିଛିଦିନ ହେବ ଉକ୍ତ ହାଟ କୁ ଉଠାଇବା ପାଇଁ ଏନଟିପିସି କର୍ତ୍ତୃପକ୍ଷ ଓ ପ୍ରଶାସନ ମସୁଧା ଚଳାଇଥିବାର ସୂଚନା ମିଳିବା ପରେ ଏହାକୁ ନେଇ ଜନସାଧାରଣଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି ।ହାଟ ନ ଉଠାଇବା ପାଇଁ ସନ୍ଥପଡା ସରପଞ୍ଚ ଙ୍କ ନେତୃତ୍ୱରେ ଅନୁଗୁଳ ଜିଲ୍ଲାପାଳ ଓ ତାଳଚେର ଉପ ଜିଲ୍ଲାପାଳ ଙ୍କୁଭେଟି ଏକ ଦାବିପତ୍ର ପ୍ରଦାନ କରାଯାଇଛି ।ହାଟ ଉଠାଇଲେ ବ୍ୟାପକ ଜନ ଆନ୍ଦୋଳନ ହେବ ବୋଲି ସରପଞ୍ଚ ଶ୍ରୀ ସାହୁ ଚେତାବନୀ ଦେଇଛନ୍ତି ।ଜିଲ୍ଲାପାଳ ଓ ଉପ ଜିଲ୍ଲାପାଳ ହାଟ ନ ଉଠାଇବା ପାଇଁ ପ୍ରତିଶୃତି ଦେଇଛନ୍ତି ବୋଲି ସରପଞ୍ଚ ପ୍ରକାଶ କରିଛନ୍ତ । ସରପଞ୍ଚଙ୍କ ସହ ପ୍ରାକ୍ତନ ବ୍ଲକ ଅଧକ୍ଷ ବୃନ୍ଦାବନ ବେହେରା, ପ୍ରାକ୍ତନ ଗୁରୁଜାଙ୍ଗୁଲି ସରପଞ୍ଚ ସନ୍ତୋଷ ମହାନ୍ତି, ପ୍ରଦୀପ ସାମଲ, ପନଙ୍ଗ ଭୂଷଣ ସାହୁ, ଗୋପାଳ ସାହୁ ପ୍ରମୁଖ ଜିଲ୍ଲାପାଳ ଓ ଉପ ଜିଲ୍ଲାପାଳ ଙ୍କୁ ଭେଟି ଦାବୀ ପତ୍ର ପ୍ରଦାନ କରିଥିଲେ ।

ADMISSION OPEN

MAHARISHI PLAY SCHOOL

A Great Place to Grow @ mps

PLAY GROUP (2+)

NURSERY (3+)

LKG, UKG, STD-I TO V

25% reservation as per RTE Act (2009)

FIND THE DIFFERENCE

●Surveillance through CCTV Camera ●Small Classes ●Congenial Environment ●Intimate, Safe & Secured Place ●Experienced & loving teachers ●Individual attention to each child ●Spacious Playground ●AC Activity Room ●Transport Facilities

TUITION CLASSES
for Std I to Std V
Timing: 5 PM to 6.30 PM

MAHARISHI PUBLIC SCHOOL

N4-F/24, IRC Village, Nayapalli,
Bhubaneswar, Phone: 0674-2558884,2550786
E-mail: maharishipublic13@gmail.com

25% Seats reserved in Std. 1 under RTE Act

Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751<0 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray